୨୭ତମ ପ୍ରତିଷ୍ଠା ଦିବସ ଅଭିନନ୍ଦନ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯବେକ୍ଷକ

Vol.27. No.31 Bhubaneswar Saturday March 8 2025 | ୨୭ତମ ବର୍ଷ ସଂଖ୍ୟା-୩୧ ଭୁବନେଶ୍ୱର, ଶନିବାର, ମାର୍ଚ୍ଚ ୮, ୨୦୨୫ (୮ ପୃଷ୍ଠା) ମୂଲ୍ୟ-୧.୫୦ ₹ 1.50 (Air Surcharge - 0.50P) Member-INS

# ବିଜୁ ବାବୁଙ୍କୁ ଅସମ୍ମାନ, ବିଧାନସଭା ହୁଲସ୍ଥୁଲ: ଗର୍ଜିଲା ବିଜେଡି, ଗୃହ ଭିତରେ ଓ ବାହାରେ ପ୍ରତିବାଦ

ଭୁବନେଶ୍ୱର,୭ ।୩(ପି.ଏନ): ପ୍ରବାଦ ପୁରୁଷ ବିଜୁ ପଟ୍ଟନାୟକଙ୍କୁ ବିଜେପି ସରକାରର ଅସମ୍ମାନ । ଏହାକୁ ନେଇ ବିଧାନସଭା ହୁଲସ୍ଥୁଲ । ଆଜି ପ୍ରଶ୍ନକାଳ ଆରମ୍ଭ ହେବା କ୍ଷଣି ମୁଖ୍ୟ ବିରୋଧୀ ଦଳ ବିଜେଡି ଏହି ପ୍ରସଙ୍ଗ ଉଠାଇ ଗୃହରେ ହଟ୍ଟଗୋଳ କରିଥିଲା । ୩ ଦଶନ୍ଧି ହେଲା ବିଜୁ ବାବୁଙ୍କ ଜୟନ୍ତୀକୁ ପଞ୍ଚାୟତିରାଜ ଦିବସ ରୂପେ ପାଳନ କରାଯାଉଥିଲା । ଏବେ କାହିଁକି କରାଯିବ ନାହିଁ ବୋଲି ପ୍ରଶ୍ନ ପଚାରି ସରକାରଙ୍କୁ ଘେରିଥିଲା ବିଜେଡି । ଗୃହ ଭିତରେ ଓ ବିଧାନସଭା ପରିସରରେ ଥିବା ବିଜୁ ପଟ୍ଟନାୟକଙ୍କ ପ୍ରତିମୂର୍ତ୍ତି ତଳେ ବିଜେଡି ପ୍ରତିବାଦ କରିଛି କ୍ଷ କଂଗ୍ରେସ ମଧ୍ୟ ଏହି ପ୍ରସଙ୍ଗରେ ରାଜ୍ୟ ସରକାରଙ୍କୁ କଡ଼ା ସମାଲୋଚନା କରିଛି ।ଦ୍ୱିତୀୟ ପର୍ଯ୍ୟାୟ ବଜେଟ ଅଧିବେଶନ ଆରମ୍ଭ ହେବା ମାତ୍ରେ ବିଜେଡି ବିଧାୟକ ଗୃହର ମଧ୍ୟଭାଗକୁ ଆସି ହଟ୍ଟଗୋଳ କରିବା ସହ ସରକାରଙ୍କୁ ଘେରିଛନ୍ତି । କାହିଁକି ବିଜୁ ବାବୁଙ୍କ ଜୟନ୍ତୀକୁ ରାଜ୍ୟସ୍ତରୀୟ ପଞ୍ଚାୟତିରାଜ ଦିବସ ରୂପେ ପାଳନ କରାଯିବ ନାହିଁ, ତାକୁ ନେଇ ବିଜେଡି ଘେରିଛି । ଦଳର ପ୍ରଶ୍ନ ହେଲା କାହିଁକି ରାତି ଅଧିଆ କ୍ୟାଲେଣ୍ଡର ବଦଳାଇଲେ



ସରକାର । ବିଧାନସଭା ପରିସରରେ ଥିବା ବିଜୁ ବାବୁଙ୍କ ପ୍ରତିମୂର୍ତ୍ତି ତଳେ ଧାରଣା ଦେଇଥିଲେ ବିଜେଡି ବିଧାୟକ । ସରକାର ନିଷ୍ପତ୍ତି ପରିବର୍ତ୍ତନ ନ କରିବା ଯାଏଁ ପଲ୍ଲୀରୁ ଦିଲ୍ଲୀ ଯାଏଁ ଲଢେଇ ଜାରି ରଖିବାକୁ ବିଜେଡି ଚେତାବନୀ ଦେଇଛି ।

ଅପରାହ୍ନ ଅଧିବେଶନରେ ମଧ୍ୟ ସମାନ ଚିତ୍ର ଦେଖିବାକୁ ମିଳିଥିଲା ବିଧାନସଭାରେ । ଅପରାହ୍ନରେ ବି ଗୃହ କାର୍ଯ୍ୟ ଆରମ୍ଭ ହେବା କ୍ଷଣି ବିଜୁ ବାବୁଙ୍କୁ ଡବଲ ଇଞ୍ଜିନ ସରକାର ଅପମାନ କରିଥିବା ଅଭିଯୋଗ କରି ସରକାରଙ୍କୁ କଡ଼ା ସମାଲୋଚନା କରିଥିଲା ବିଜେଡି । କକ୍ଷତ୍ୟାଗ କରି ରାଜ୍ୟପାଳଙ୍କ ନିକଟରେ ଦଳ ଫେରାଦ ହୋଇଛି । ବରିଷ୍ଠ ବିଜେଡି ବିଧାୟକ ରଣେନ୍ଦ୍ର ପ୍ରତାପ ସ୍ୱାଇଁ କହିଛନ୍ତି, ବିଜୁ ପଟ୍ଟନାୟକ ହେଉଛନ୍ତି ଆଧୁନିକ ଓଡ଼ିଶାର ନିର୍ମାତା । ତାଙ୍କରି ଉଦ୍ୟମରେ ହୋଇଛି ରାଉରକେଲା ଷ୍ଟିଲ ପ୍ଲାଣ୍ଟ, NIT, HAL, OUAT, ସୈନିକ ସ୍କୁଲ । ମୁଖ୍ୟମନ୍ତ୍ରୀ ହେବା ପରେ ସେ ତ୍ରିସ୍ତରୀୟ ପଞ୍ଚାୟତିରାଜ ବ୍ୟବସ୍ଥା କରିଥିଲେ । ମହିଳାଙ୍କୁ ପଞ୍ଚାୟତିରାଜ ବ୍ୟବସ୍ଥାରେ ୩୩ ପ୍ରତିଶତ ସଂରକ୍ଷଣ ଦେଇଥିଲେ । ମେଣ୍ଟ ସରକାରରେ ଥିବାବେଳେ ବିଜେପି ତ ବିଜୁ ବାବୁଙ୍କ ଜୟନ୍ତୀରେ ରାଜ୍ୟସ୍ତରୀୟ ପଞ୍ଚାୟତିରାଜ ଦିବସ ପାଳନ କରୁଥିଲା । ଏବେ କ'ଣ ଅସୁବିଧା ହେଲା ଯେ, ରାତାରାତି ଷଡ଼ଯନ୍ତ୍ର କରି ତାକୁ ବନ୍ଦ କରାଗଲା । ଏହା ଛୋଟ ମନ । ଓଡ଼ିଆ ଅସ୍ମିତାର ପ୍ରତୀକ ବିଜୁ ବାବୁ । ପ୍ରତିହିଂସା ପରାୟଣ ରାଜନୀତି ଓଡ଼ିଶା କେବେ ଦେଖି ନଥିଲା । କ୍ୟାଲେଣ୍ଡର ଓ ଡାଏରୀ କ'ଣ ପୁଣି ପ୍ରିଣ୍ଟ କରିବେ ଚଞ୍ଚକତା କଲେ । ଏବେ ପ୍ରାୟଶ୍ଚିତ କରନ୍ତୁ । ବରିଷ୍ଠ କଂଗ୍ରେସ ବିଧାୟକ ତାରା ପ୍ରସାଦ ବାହିନୀପତି ମଧ୍ୟ ବିଜେପିର ହୀନ ରାଜନୀତିକୁ କଡା ସମାଲୋଚନା କରିଛନ୍ତି ।

## କ୍ୟାମ୍ପସ୍‌କୁ ଫେରିଲେ ନେପାଳୀ ଛାତ୍ରଛାତ୍ରୀ

ଭୁବନେଶ୍ୱର,୭ ।୩(ପି.ଏନ): କିଟ୍ କ୍ୟାମ୍ପସରେ ସ୍ୱାଭାବିକତା ସୁନିଶ୍ଚିତ କରିବା ଦିଗରେ କିଟ୍ କର୍ତ୍ତୃପକ୍ଷ ବ୍ୟାପକ ପଦକ୍ଷେପ ନେଇଛନ୍ତି । ଫଳରେ ଏବେ ନେପାଳୀ ଛାତ୍ରଛାତ୍ରୀମାନେ କ୍ୟାମ୍ପସ୍‌କୁ ଫେରିଛନ୍ତି । ବର୍ତ୍ତମାନ ସୁଦ୍ଧା ୧୦୦୦ ଛାତ୍ରଛାତ୍ରୀ ହଷ୍ଟେଲ୍‌କୁ ଫେରିସାରିଲେଣି । ୧୧୦୦ ଛାତ୍ରଛାତ୍ରୀଙ୍କ ମଧ୍ୟରୁ ବାକି ୧୦୦ ଛାତ୍ରଛାତ୍ରୀ ମଧ୍ୟ କ୍ୟାମ୍ପସ୍‌କୁ ଫେରୁଛନ୍ତି । ନେପାଳୀ ଛାତ୍ରଛାତ୍ରୀଙ୍କୁ ପୁନର୍ବାର କ୍ୟାମ୍ପସ୍‌କୁ ଫେରାଇ ଆଣିବା ଦିଗରେ ଓଡ଼ିଶା ସରକାର, ଭାରତ ସରକାରଙ୍କ ବୈଦେଶିକ ମନ୍ତ୍ରାଳୟ, ନୂଆଦିଲ୍ଲୀସ୍ଥିତ ନେପାଳ ଦୂତାବାସ ଓ ନେପାଳ ସରକାରଙ୍କ ସହଯୋଗ ପାଇଁ କିଟ୍ କର୍ତ୍ତୃପକ୍ଷ ସେମାନଙ୍କୁ କୃତଜ୍ଞତା ଜଣାଇଛନ୍ତି । ନେପାଳୀ ଛାତ୍ରଛାତ୍ରୀ କ୍ୟାମ୍ପସ୍‌ରେ ପହଞ୍ଚିବା ପରେ ସେମାନଙ୍କ ସୁରକ୍ଷା ସହ ନିରବଚ୍ଛିନ୍ନ ଶୈକ୍ଷିକ କାର୍ଯ୍ୟକଳାପ ପାଇଁ କିଟ୍ ପକ୍ଷରୁ ବ୍ୟାପକ ପଦକ୍ଷେପ ନିଆଯାଇଛି । ସୂଚନାଯୋଗ୍ୟ, ନେପାଳୀ ଛାତ୍ରଛାତ୍ରୀମାନେ ପୁଣି ଥରେ କ୍ଲାସ ଆରମ୍ଭ କରିଛନ୍ତି ଏବଂ ଶୈକ୍ଷିକ କାର୍ଯ୍ୟସୂଚୀରେ ସାମିଲ ହୋଇଛନ୍ତି । ନିୟମିତ କ୍ଲାସଗୁଡ଼ିକ ବିନା କୌଣସି ବାଧାରେ ଜାରି ରହିଛି ଏବଂ ଛାତ୍ରଛାତ୍ରୀମାନେ ପୂର୍ବପରି ସେମାନଙ୍କର ପାଠ୍ୟକ୍ରମ ଏବଂ କ୍ୟାମ୍ପସ କାର୍ଯ୍ୟକଳାପରେ ନିଜକୁ ନିୟୋଜିତ ରଖିଛନ୍ତି । ନେପାଳୀ ଛାତ୍ରଛାତ୍ରୀଙ୍କୁ କ୍ୟାମ୍ପସକୁ ଫେରାଇ ଆଣିବା ପାଇଁ କିଟ୍ କର୍ତ୍ତୃପକ୍ଷ ନେପାଳ ଦୂତାବାସ, ଛାତ୍ରଛାତ୍ରୀ ଓ ସେମାନଙ୍କ ଅଭିଭାବକଙ୍କ ସହ ଲଗାତାର ପରାମର୍ଶ କରି ଛାତ୍ରଛାତ୍ରୀଙ୍କ କ୍ୟାମ୍ପସ୍‌ରେ ସମସ୍ତ ପ୍ରକାର ସୁରକ୍ଷା ସହ ସହଯୋଗ ଯୋଗାଇ ଦିଆଯିବା ନିମନ୍ତେ ପ୍ରତିଶ୍ରୁତି ଦେଇଛନ୍ତି । ଛାତ୍ରଛାତ୍ରୀଙ୍କର ଯେପରି କୌଣସି ଅସୁବିଧା ନହୁଏ ସେଥିପାଇଁ ଏକ ସ୍ୱତନ୍ତ୍ର ପ୍ରକୋଷ୍ଠ ଖୋଲାଯାଇଛି ।

## ଅତୁଲ ଓ ମାନବଙ୍କ ପରେ ନିଶାନ୍ତ ତ୍ରିପାଠୀ, କିନ୍ତୁ ରହିଛି ଟ୍ୱିଷ୍ଟ

ଭୁବନେଶ୍ୱର,୭ ।୩(ପି.ଏନ): ଯାହା ସବୁ ଘଟିଲା, ସେଥିପାଇଁ ମୁଁ ତୁମକୁ ଘୃଣା କରିବା କଥା । କିନ୍ତୁ ମୁଁ ସେମିତି କିଛି କରିବି ନାହିଁ । ଏହି ମୁହୂର୍ତ୍ତରେ ମୁଁ ପ୍ରେମକୁ ବାଛିଛି । ମୁଁ ସେତେବେଳେ ତୁମକୁ ଭଲ ପାଉଥିଲି । ମୁଁ ଏବେ ବି ତୁମକୁ ଭଲ ପାଏ । ମୁଁ ତୁମକୁ ଦେଇଥିବା ପ୍ରତିଶ୍ରୁତି ମୁତାବକ, ଏହା କେବେ ହେଲେ ବଦଳିବ ନାହିଁ ।" ପତ୍ନୀଙ୍କ ନିର୍ଯାତନା ସହି ନ ପାରି ଜୀବନ ହାରିଥିବା ଜଣେ ୪୧ ବର୍ଷୀୟ ବ୍ୟକ୍ତି ଏମିତି କିଛି ଲେଖିଛନ୍ତି । ସେ ପତ୍ନୀଙ୍କ ପାଇଁ ଜୀବନ ହାରିଥିଲେ ହେଁ ତାଙ୍କ ପ୍ରତି ଥିବା ଭଲ ପାଇବାକୁ ଦେଖାଇଛନ୍ତି । ଜୀବନ ହାରିବା ପୂର୍ବରୁ ସେ ନିଜର ସୁଇସାଇଡ ନୋଟକୁ ନିଜ କମ୍ପାନୀର ୱେବସାଇଟରେ ଅପଲୋଡ ବି କରି ଦେଇଛନ୍ତି ।ପତ୍ନୀଙ୍କ ନିର୍ଯାତନା ସହି ନ ପାରି ଜୀବନ ହାରିବା ତାଲିକାରେ ଏବେ ୪୧ ବର୍ଷୀୟ ନିଶାନ୍ତ ତ୍ରିପାଠୀଙ୍କ ନାଁ



ଯୋଡି ହୋଇଯାଇଛି । ସେ ମୁମ୍ବାଇର ଗୋଟିଏ ହୋଟେଲ ରୁମରେ ବେକରେ କପଡା ବାନ୍ଧି ଆତ୍ମହତ୍ୟା କରିଛନ୍ତି । ମୁମ୍ବାଇର ସାହାରା ହୋଟେଲର ଗୋଟିଏ ରୁମରୁ ତାଙ୍କ ଝୁଲନ୍ତା ମୃତଦେହ ମିଳିବା ପରେ ହଇଚଇ ସୃଷ୍ଟି ହୋଇଛି ।ଏହି ଘଟଣା ପୁଣିଥରେ ପୁରୁଷମାନଙ୍କୁ ବୈବାହିକ ବିବାଦରୁ ସୁରକ୍ଷା ଦେବା ପାଇଁ ନଥିବା ଆଇନର ବିତର୍କକୁ ତୀବ୍ର କରିଛି । ନିଶାନ୍ତଙ୍କ ପୂର୍ବରୁ ବେଙ୍ଗାଲୁରୁରେ ସଫ୍ଟୱେୟାର ଇଞ୍ଜିନିୟର ଭାବେ କାର୍ଯ୍ୟ କରୁଥିବା ଅତୁଲ ସୁଭାଷ ଓ ମୁମ୍ବାଇ ଟିସିଏସର ମ୍ୟାନେଜର ଭାବେ କାମ କରୁଥିବା ୨୫ ବର୍ଷୀୟ ମାନବ ଶର୍ମା ତାଙ୍କ ପତ୍ନୀଙ୍କ ପାଇଁ ଜୀବନ ହାରିଥିଲେ । ଜଣଙ୍କ ପରେ ଜଣେ ପୁରୁଷ ବୈବାହିକ ଝଡ ପାଇଁ ଜୀବନ ହାରୁଥିବା ବେଳେ ସେମାନଙ୍କ ପାଇଁ ଆଇନ ପ୍ରଣୟନ କରିବାର ସମୟ ଆସିଯାଇଥିବା କୁହାଯାଉଛି ।

# ଏପଟେ ଲୁଟ୍, ସେପଟେ ଚାନ୍ଦା: ୮ ଖଣି ନିଲାମ ପାଇଁ ଟେଣ୍ଡର ଡାକିଲେ ସରକାର, ଟେଣ୍ଡର ପ୍ରାଇସ୍ ଉପରେ ନଜର

ଭୁବନେଶ୍ୱର,୭ ।୩(ପି.ଏନ): ରାଜ୍ୟରେ ବିଜେପି ସରକାର କ୍ଷମତାକୁ ଆସିବା ପରେ ପ୍ରଥମଥର ପାଇଁ ଶୁକ୍ରବାର ୮ଟି ଲୁହାପଥର ଓ ମାଙ୍ଗାନିଜ୍ ଖଣିର ଇ-ନିଲାମୀ ପ୍ରକ୍ରିୟା ଆରମ୍ଭ ହୋଇଛି । ପୂର୍ବ ବିଜେଡି ସରକାର ସମୟରେ ଖଣିଗୁଡିକର ଇ-ନିଲାମ ପ୍ରକ୍ରିୟାରେ ସାମିଲ ହୋଇ କମ୍ପାନୀଗୁଡିକ ଯେଭଳି ଧାର୍ଯ୍ୟ ଦରଠୁ ୫୦-୬୦ ପ୍ରତିଶତ ପର୍ଯ୍ୟନ୍ତ ଚ?। ଦରରେ ଖଣିଗୁଡିକ ହାତେଇଥିଲେ ତାକୁ ନେଇ ସେତେବେଳେ ସାଧାରଣରେ ପ୍ରଶ୍ନ ଉଠିଥିବାବେଳେ ପରେ ସିଏଜିଙ୍କ ଅଡିଟ୍ ରିପୋର୍ଟରେ ଏହି ଚ?।ଦର ପଛର ଅସଲ ରହସ୍ୟ ଉଜାଗର ହୋଇଥିଲା । ତେଣୁ ବିଜେପି ସରକାରଙ୍କ ଦ୍ୱାରା ଡକାଯାଇଥିବା ଏହି ୮ଟି ଖଣି(୪ଟି ସମ୍ପୂର୍ଣ୍ଣ ନୂଆ)ର ନିଲାମ ପ୍ରକ୍ରିୟା ଓ ଟେଣ୍ଡର ପ୍ରାଇସ୍ ଉପରେ ସମସ୍ତଙ୍କ ନଜର ରହିଛି । ଏପଟେ ଗତବର୍ଷ ସେପ୍ଟେମ୍ବର ମାସରେ ବିଧାନସଭାରେ ଉପସ୍ଥାପିତ ହୋଇଥିବା ସିଏଜି ରିପୋର୍ଟରେ ୨୦୧୫ରୁ ୨୦୨୨ ମସିହା ମଧ୍ୟରେ ଓଡିଶାକୁ ୨୨୩୯୨.୫୧କୋଟି ଟଙ୍କାର ଖଣି ରାଜସ୍ୱ କ୍ଷତି ସହିବାକୁ ପଡିଥିବା ଦର୍ଶାଇଥିଲେ । ଏପଟେ ମନଇଚ୍ଛା ଖଣି ଲୁଟ୍ କରି ରାଜ୍ୟ ରାଜକୋଷକୁ କ୍ଷତି ପହଂଚାଇଥିବା ଏହି ଖଣି



ଲିଜଧାରୀମାନେ କିନ୍ତୁ ରାଜନୀତିକ ଦଳଗୁଡିକୁ ଚାନ୍ଦା ଦେବାରେ କାର୍ପଣ୍ୟ କରିନାହାନ୍ତି । ସିଏଜିଙ୍କ ଅଡିଟ ରିପୋର୍ଟ ଅନୁସାରେ ୮ଟି ଖଣିର ଲିଜଧାରୀଙ୍କ ବେଆଇନ ଖଣି କାରବାର ଯୋଗୁ ରାଜକୋଷକୁ ୬୯୬୨ କୋଟି ଟଙ୍କା କ୍ଷତି ସହିବାକୁ ପଡିଥିଲା । କିନ୍ତୁ ଆଶ୍ଚର୍ଯ୍ୟର କଥା ଏହି ୮ଟି ଖଣି କମ୍ପାନୀ ଦ୍ୱାରା ରାଜ୍ୟର ୩ ପ୍ରମୁଖ ଦଳକୁ ମୋଟ ୬୦୧କୋଟି ଟଙ୍କାର ରାଜନୀତିକ ଚାନ୍ଦା ଦିଆଯାଇଥିବା ଜଣାପଡିଛି ।କେଉଁ ୮ଟି ଖଣି ବ୍ଲକ ହେବ ନିଲାମ, ଏପ୍ରିଲ ୨୫ସୁଦ୍ଧା ବିଡିଂ ଆବେଦନ ରାଜ୍ୟ ସରକାର ୮ଟି ଖଣି ବ୍ଲକର ନିଲାମ ପାଇଁ ଆଜି ବିଧିବଦ୍ଧ ବିଜ୍ଞପ୍ତି ଜାରି କରିଛନ୍ତି । ଏହି ଖଣିଗୁଡିକ ମଧ୍ୟରେ ୪ଟି ଖଣି ବ୍ଲକର ଲିଜ୍ ସମାପ୍ତ ସରିଥିବାବେଳେ ଅନ୍ୟ ୪ଟି ଖଣି ସମ୍ପୂର୍ଣ୍ଣ ନୂଆ । କେନ୍ଦୁଝର ଓ ସୁନ୍ଦରଗଡ ଜିଲ୍ଲାରେ ୪ଟି ଲେଖାଏଁ ଖଣି ରହିଛି । ରାଜ୍ୟ ଖଣି ନିର୍ଦ୍ଦେଶାଳୟ ପକ୍ଷରୁ ଏସବୁ ଖଣିଜ ବ୍ଲକଗୁଡିକର ଲିଜ୍ ପ୍ରଦାନ ନିମନ୍ତେ ନିଲାମୀ ପ୍ରକ୍ରିୟା ପାଇଁ ଶୁକ୍ରବାର ବିଧିବଦ୍ଧ ଟେଣ୍ଡର ଆହ୍ୱାନ କରାଯାଇଛି । ଏମଏମଡିଆର ଆକ୍ଟ-୧୯୫୭ର ଧାରା-୧୦(ଖ)ରେ ପ୍ରଦତ୍ତ କ୍ଷମତା ଆଧାରରେ ରାଜ୍ୟ ସରକାର ଏହି ଖଣିଗୁଡିକର ଇ-ନିଲାମୀ କରିବା ନିମନ୍ତେ ବିଧିବଦ୍ଧ ବିଜ୍ଞପ୍ତି ଜାରି କରିଛନ୍ତି । ଏଥିରେ ୪ଟି ଲୁହାପଥର, ଗୋଟିଏ ଲୁହାପଥର ଓ ମାଙ୍ଗାନିଜ, ୨ଟି ମାଙ୍ଗାନିଜ୍ ଓ ଲୁହାପଥର ଏବଂ ଗୋଟିଏ ମାଙ୍ଗାନିଜ୍ ଖଣି ରହିଛି ।

ପ୍ରଥମଥର ପାଇଁ ବିଡିଂ ପ୍ରକ୍ରିୟାରେ ସାମିଲ ହୋଇଥିବା ସମ୍ପୂର୍ଣ୍ଣ ନୂଆ ୪ଟି ଖଣି ହେଲା ସୁନ୍ଦରଗଡ ଜିଲ୍ଲାର ଝୁମକା-ପଥରିପୋଷି ପଶ୍ଚିମ ଲୁହାପଥର ଖଣି ବ୍ଲକ, ଓରାହୁରି ମାଙ୍ଗାନିଜ୍ ଓ ଲୁହାପଥର ଖଣି ବ୍ଲକ ଓ ଭାଞ୍ଜିକୁସୁମ୍ ମାଙ୍ଗାନିଜ୍ ବ୍ଲକ ସମେତ କେନ୍ଦୁଝର ଜିଲ୍ଲାର ରୋଇଡା ଡି ମାଙ୍ଗାନିଜ୍ ବ୍ଲକ ରହିଛି । ସେହିପରି ଅନ୍ୟ ଯେଉଁ ୪ଟି ଖଣିର ଲିଜ୍ ଅବଧି ସମାପ୍ତ ହୋଇସାରିଛି ଓ ପୁଣିଥରେ ଲିଜ୍ ପ୍ରଦାନ ପାଇଁ ଟେଣ୍ଡର ଆହ୍ୱାନ କରାଯାଇଛି ସେଗୁଡିକ ହେଲା କେନ୍ଦୁଝର ଜିଲ୍ଲାର ରୋଇଡା-ଆଇ ଲୁହାପଥର ଓ ମାଙ୍ଗାନିଜ୍ ଖଣି ବ୍ଲକ, ପୁତୁଲିପାଣି ଲୁହାପଥର ବ୍ଲକ, ଜଳାହୁରି ଲୁହାପଥର ଓ ମାଙ୍ଗାନିଜ୍ ବ୍ଲକ ସମେତ ସୁନ୍ଦରଗଡର କୋଇଡା ଲୁହାପଥର ଖଣି ବ୍ଲକ ରହିଛି । ଏହି ୪ଟି ଖଣିର ଲିଜ୍ ଅବଧି ସମାପ୍ତ ହୋଇସାରିଛି । କୋଇଡା ଲୁହାପଥର ଖଣିର ଲିଜ୍ ୨୦୨୧ ଅଗଷ୍ଟ ପର୍ଯ୍ୟନ୍ତ ଏସେଲ ମାଇନିଂ ପାଖରେ ରହିଥିଲା । କିନ୍ତୁ କମ୍ପାନୀ ୨୦୨୨ ଅଗଷ୍ଟ ମାସରେ ଏହି ଖଣି ରାଜ୍ୟ ସରକାରଙ୍କୁ ଫେରସ୍ତ କରିଦେଇଥିଲା । ଯାହାକୁ ଏଥର ନିଲାମ ପ୍ରକ୍ରିୟାରେ ସରକାର ସାମିଲ କରିଛନ୍ତି । ସେହିପରି ରୋଇଡା-ଆଇ ଲୁହାପଥର ଓ ମାଙ୍ଗାନିଜ୍ ଖଣି ବ୍ଲକର ଲିଜ୍ ଅବଧି ୨୦୨୧ ମସିହାରେ ସରିଯାଇଥିଲା । ଏହି ଖଣିର ଲିଜ୍ ମେସର୍ସ ମିଡଇଷ୍ଟ ଇଂଟିଗ୍ରେଟେଡ୍ ଷ୍ଟିଲ ଲିଃ ପାଖରେ ରହିଥିଲା । ପୁତୁଲିପାଣି ଲୁହାପଥର ଖଣିର ଲିଜ୍ ୨୦୨୧ରେ ଶେଷ ହୋଇଛି । ଉକ୍ତ ଖଣିର ଲିଜ୍ କଳିଙ୍ଗ କର୍ମସିଆଲ କର୍ପୋରେସନ୍ ଲିଃ ପାଖରେ ରହିଥିଲା ।

## ଆଜି ଜଳିବ 'ସୁଭଦ୍ରା' ଦୀପ, କାଲି ଆସିବ ୫ ହଜାର ଟଙ୍କା

ଭୁବନେଶ୍ୱର,୭ ।୩(ପି.ଏନ): ଆଜି ଘରେ ଘରେ ଜଳିବ ସୁଭଦ୍ରା ଦୀପ । କାଲି ଆକାଉଣ୍ଟକୁ ଆସିବ ୫ ହଜାର ଟଙ୍କା । ପ୍ରତ୍ୟେକ ଘରୁ ଯେତେଜଣ ମହିଳା ସୁଭଦ୍ରା ଟଙ୍କା ପାଉଛନ୍ତି । ଘରର ଦୁଆର ମୁହଁରେ ସେତିକିଟା ଦୀପ ଜାଳିବାକୁ କହିଥିଲେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ।ଗତକାଲି ସୁଭଦ୍ରା ଯୋଜନାର ପ୍ରଥମ ପର୍ଯ୍ୟାୟର ପଞ୍ଚମ କିସ୍ତି ୨ ଲକ୍ଷ ୩୪ ହଜାର ମହିଳାଙ୍କୁ ଦିଆଯାଇଛି । ଆଉ ଏହି ପଞ୍ଚମ କିସ୍ତି ସହ ସୁଭଦ୍ରା ହିତାଧିକାରୀଙ୍କ ସଂଖ୍ୟା ଏକ କୋଟି ୬୪ ହଜାରରେ ପହଞ୍ଚିଛି ।ଆଉ ଆସନ୍ତା କାଲି ମାର୍ଚ୍ଚ ୮ ଆନ୍ତର୍ଜାତୀୟ ମହିଳା ଦିବସରେ ସେମାନେ ପୁଣି ପାଇବେ ୫ ହଜାର ଟଙ୍କା । ଏକାଥରକେ କୋଟିଏ ୬୪ ହଜାର ମହିଳାଙ୍କ ଖାତାକୁ ଯିବ ସୁଭଦ୍ରା ଟଙ୍କା । ଏହି ସୁଭଦ୍ରା ଯୋଜନାରେ ଅଧିକ





ଶସକ୍ତ ହେଉଛନ୍ତି ମହିଳା ।ତେଣୁ ସୁଭଦ୍ରା ଯୋଜନାକୁ ଆହୁରି ସଶକ୍ତ କରିବାକୁ ଆଜି ସଂଧ୍ୟାରେ ପ୍ରତି ଘରେ ଦୀପ ଜାଳିବାକୁ କହିଛନ୍ତି ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡା । ତେବେ ମୋଟ ଆବେଦନକାରୀଙ୍କ ସଂଖ୍ୟା କୋଟିଏ ୮ ଲକ୍ଷ ଥିବା ବେଳେ, ମାର୍ଚ୍ଚ ୩୧ ଯାଏଁ ଆବେଦନ କରିଥିବା ହତାଧିକାରୀଙ୍କୁ ସର୍ଭେ କରି ସାମିଲ କରିବେ ସରକାର ।ସେମାନଙ୍କୁ ରାକ୍ଷୀ ପୂର୍ଣ୍ଣିମାରେ ଏକାଥରେ ୩ଟି କିସ୍ତି ଅର୍ଥାତ ୧୫ହଜାର ଟଙ୍କା ମିଳିବ । ଗତକାଲି ସୁଭଦ୍ରାର ପ୍ରଥ କିସ୍ତି ଟଙ୍କା ମିଳିଥିବା ବେଳେ ଆସନ୍ତା କାଲି ଦ୍ୱିତୀୟ କିସ୍ତିର ୫ ହଜାର ଟଙ୍କା ମିଳିବାକୁ ଯାଉଛି । ତେଣୁ ମହିଳା ମାନଙ୍କ ଭିତରେ ଉତ୍ସାହ ଦେଖିବାକୁ ମିଳୁଛି ।

## ଜୟା ହୋଟେଲ' ସିଲ୍: ମଟନରେ ଗୋମାଂସ ମିଶାଇ ବିକୁଥିବା ଅଭିଯୋଗ

ପୁରୀ,୭ ।୩(ପି.ଏନ): ସିଲ ହେଲା ପୁରୀ ସତ୍ୟବାଦୀର ଜୟା ହୋଟେଲ । ମଟନରେ ଗୋମାଂସ ମିଶାଇ ବିକ୍ରି କରୁଥିବା ଅଭିଯୋଗରେ ନିଆଯାଇଛି କାର୍ଯ୍ୟାନୁଷ୍ଠାନ ।ଜିଲ୍ଲାପାଳଙ୍କ ନିର୍ଦ୍ଦେଶରେ ମାଜିଷ୍ଟ୍ରେଟଙ୍କ ଉପସ୍ଥିତିରେ ଢାବା ହେଲା ସିଲ୍ ।ରାଜ୍ୟ ପରୀକ୍ଷାଗାରକୁ ପଠାଗଲା ମାଂସର ନମୁନା । ଭିଡିଓ ଭାଇରାଲ ପରେ ବଦଳିଲେ ସତ୍ୟବାଦୀ ଇନସ୍ପେକ୍ଟର ।ଗୋରୁ ଚାଲାଣକାରୀଙ୍କୁ ମାଡ ଅଭିଯୋଗର ନାଏବ ସରପଞ୍ଚ ଗିରଫ । ମଟନ୍ ପାଇଁ ପୁରୀର



ଜୟା ହୋଟେଲ ବେଶ୍ ଫେମସ୍ ।ମଟନକୁ ନେଇ କୌଣସି ପ୍ରମାଣ ହସ୍ତଗତ ହୋଇ ନ ଥିଲେ ମଧ୍ୟ ତଦନ୍ତ ପରେ ଏ ଘଟଣାର ସତ୍ୟତା ପଦାକୁ ଆସିବ ।

## ପାଚକ ପାଚିକା ମହାସଙ୍ଘର ମହା ସମାବେଶ: ଡବଲ ଇଞ୍ଜିନ ସରକାରଙ୍କ ଦୋମୁହାଁ ନୀତି ବିରୋଧରେ ଗର୍ଜନ

ଭୁବନେଶ୍ୱର,୭ ।୩(ପି.ଏନ): ୭ ଦଫା ଦାବି ନେଇ ବିଜୁ ଶ୍ରମିକ ସାମୁଖ୍ୟ ସହ ଅନୁବନ୍ଧିତ ନିଖିଳ ଓଡିଶା ମଧ୍ୟାହ୍ନ ଭୋଜନ ପାଚକ ପାଚିକା ମହାସଂଘ ସମାବେଶ । ଦରଦାମ ବଢୁଛି ହେଲେ ବଢୁନି ପାରିଶ୍ରମିକ । ରାଜ୍ୟ ସରକାରଙ୍କ ବିରୋଧରେ ଗର୍ଜିଲେ ମାଆ । ଦୈନିକ ସର୍ବନିମ୍ନ ମଜୁରୀ ୪୫୨ ଟଙ୍କା ହିସାବରେ ମାସିକ ୧୩ ହଜାର ୫୬୦ ଟଙ୍କା ଓ ପରିଚୟପତ୍ର ଦେବା ନେଇ ଦାବି ହୋଇଛି । ମଧ୍ୟାହ୍ନ ଭୋଜନ ଭଳି ଶିକ୍ଷା ବିକାଶର ଗୁରୁତ୍ୱପୂର୍ଣ୍ଣ ଭିତ୍ତିଭୂମିରେ ଦୀର୍ଘ ବର୍ଷ କାର୍ଯ୍ୟ କରି ଆସୁଥିଲେ ସୁଦ୍ଧା ପାରିଶ୍ରମିକ ଦୈନିକ ଏକ ଶହ ଟଙ୍କା ପଡୁଛି । ତେଣୁ ସରକାର ଘୋଷଣା କରିଥିବା ପାରିଶ୍ରମିକ ପୁନଃ ବିଚାର କରିବା ଦାବିରେ ଆନ୍ଦୋଳନକୁ ଓହ୍ଲାଇଛି ମହାସଂଘ ।ମହାତ୍ମାଗାନ୍ଧୀ ମାର୍ଗରେ ପାଚକପାଚିକା ସଂଘର ମହାସମାବେଶ । ମଧ୍ୟାହ୍ନ ଭୋଜନ ହାଣ୍ଡିଶାଳରେ ପଡିଲା ତାଲା । ରାଜ୍ୟ ସରକାରଙ୍କ ନୀତି ଲାଗି ଭୋକରେ ରହିଲେ ପିଲା । ଡବଲ ଇଞ୍ଜିନ



ସରକାରଙ୍କ ଦୋମୁହାଁ ନୀତିକୁ ନେଇ ଗର୍ଜିଲେ ମାଆ । ଦୀର୍ଘ ୨୭ ବର୍ଷ ଧରି ଉତ୍ସର୍ଗୀକୃତ ଭାବେ ସେବା କରିଆସୁଥିଲେ ସୁଦ୍ଧା ମିଳୁନି ନ୍ୟାୟ । ମାଆମାନଙ୍କୁ ତୁରନ୍ତ ନିଯୁକ୍ତିପତ୍ର ସହିତ ପରିଚୟ ପତ୍ର ପ୍ରଦାନ, ସର୍ବନିମ୍ନ ମଜୁରୀ ୪୫୨ ଟଙ୍କା ହିସାବରେ ମାସିକ ୧୩ ହଜାର ୫ଶହ ଟଙ୍କା ଦରମା ପ୍ରଦାନ, ସ୍କୁଲ୍ ମ୍ୟାନେଜମେଣ୍ଟ କମିଟି ନିକଟରୁ ନିୟନ୍ତ୍ରଣ ବ୍ୟବସ୍ଥାକୁ ମୁକ୍ତ କରି ଶିକ୍ଷା ବିଭାଗ ନିଯୁକ୍ତି ଓ ପ୍ରତ୍ୟାହାର ବ୍ୟବସ୍ଥାକୁ ନିଜ ନିୟନ୍ତ୍ରଣରେ ରଖିବାକୁ ଦାବି କରାଯାଇଛି । ଏହାସହ ପୂର୍ବ ବକେୟା ପ୍ରାପ୍ୟ ତୁରନ୍ତ ପ୍ରଦାନ, ଅବସର ପରେ ପରିବାରର ଜଣକୁ ନିଯୁକ୍ତି, ଅବସରକାଳୀନ ଭତ୍ତା, ଦରମାକୁ ପରିବର୍ତ୍ତନ କରାଯାଇ ୧୨ ମାସର ଦେବାକୁ ଦାବି ହୋଇଛି ।ମାଆମାନଙ୍କ ସ୍ୱାର୍ଥ ଓ ଜୀବିକା ଲାଗି ବିଜୁ ଶ୍ରମିକ ସାମୁଖ୍ୟ ସମର୍ଥନ ଦେଇଛି । ମହାସଂଘ ସମାବେଶରେ ସାମିଲ ହୋଇଥିଲେ ବିଜୁ ଶ୍ରମିକ ସାମୁଖ୍ୟର ନେତା ପ୍ରଫୁଲ୍ଲ ସାମଲ । ପୂର୍ବ ସରକାର ସମୟରେ ପାଚକ ପାଚିକାମାନଙ୍କୁ ସ୍ୱତନ୍ତ୍ର ପରିଚୟ ମିଳିଥିଲା । କେନ୍ଦ୍ର ସରକାରଙ୍କ ଯୋଜନା ଅନୁସାରେ ୬୦-୪୦ ପ୍ରତିଶତରେ ଦରମା ମିଳିବା କଥା । ପୂର୍ବରୁ ରାଜ୍ୟ ସରକାର ଦରମା ଦେଉଥିଲେ । କିନ୍ତୁ କେନ୍ଦ୍ର ସରକାର ଏମାନଙ୍କ ବକେୟା ଦରମା ଦେଇ ନାହାନ୍ତି । ଦୀର୍ଘ ୩୦ ବର୍ଷ ହେଲା ପାଚକ ପାଚିକାମାନେ କାମ କରୁଥିବା ବେଳେ ଡବଲ ଇଞ୍ଜିନ ସରକାର ବାହାର କରି ନୂଆ ଲୋକଙ୍କୁ ନିଯୁକ୍ତି ଦେବାକୁ ଷଡଯନ୍ତ୍ର କରୁଥିବା ମହାସଂଘର ସଭାପତି ଅଭିଯୋଗ କରିଛନ୍ତି । ଦାବି ପୂରଣ ନହେବା ପର୍ଯ୍ୟନ୍ତ ଖରା ଓ କାକରେ ଆନ୍ଦୋଳନ କରିବାକୁ ଚେତାବନୀ ଦେଇଛି ସଂଘ ।

## ସାମ୍ବାଦିକ ରିଆଜ ଅହମ୍ମଦଙ୍କ ଉପରେ ମରଣାନ୍ତକ ଆକ୍ରମଣ

ଜଟଣୀ,୭ ।୩(ପି.ଏନ): ଜଟଣୀରେ ସୀମା ଟପିଛି ଜିଲ୍ଲା ପ୍ରଶାସନ । ଜବରଦଖଲ ଉଚ୍ଛେଦକୁ ନେଇ ପ୍ରଶ୍ନ କରିବାରୁ ଗଣମାଧ୍ୟମ ପ୍ରତିନିଧି ଏବଂ ସାଧାରଣ ଲୋକଙ୍କ ଉପରେ ଆକ୍ରମଣ କରିବାକୁ ମଧ୍ୟ ପଛାଇନି ପ୍ରଶାସନ । ଏପରିକି ଜଟଣୀ ତହସିଲଦାର ଓ ଶ୍ରୀମନ୍ଦିର ପ୍ରଶାସନ ତହସିଲଦାରଙ୍କ ଉପସ୍ଥିତିରେ ସାମ୍ବାଦିକଙ୍କ ଉପରେ ଜେସିବି ଚଢ଼ାଇ ଦେବାକୁ ଉଦ୍ୟମ ହୋଇଥିବା ଅଭିଯୋଗ ହୋଇଛି । ଗୁରୁତର ଅବସ୍ଥାରେ ସାମ୍ବାଦିକଙ୍କୁ ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି । ଗୁରୁବାର ମଧ୍ୟାହ୍ନରେ ଜଟଣୀ କୁସୁମାଟି ମୌଜାରେ ଏପରି ଘଟଣା ଦେଖିବାକୁ ମିଳିଛି । ଘଟଣାସ୍ଥଳରେ ଉତ୍ତେଜନାମୂଳକ ପରିସ୍ଥିତି ସୃଷ୍ଟି ହେବାରୁ ଉଭୟ ତହସିଲଦାର ସେଠାରୁ ଫେରିଆସିଛନ୍ତି । ଘଟଣାରୁ ପ୍ରକାଶ ଯେ, ବିନା କୌଣସି ସୂଚନା ଆଧାରରେ ଗୁରୁବାର ସକାଳେ ଜଟଣୀ ତହସିଲଦାର ଓ ଶ୍ରୀ ମନ୍ଦିର ପ୍ରଶାସନ ତହସିଲଦାର ଜେସିବି ଧରି କୁସୁମାଟି ମୌଜାରେ ପହଞ୍ଚି ସେଠାରେ ଲୋକେ ରହୁଥିବା ଘର ଭାଙ୍ଗିବା ଆରମ୍ଭ କରିଥିଲେ । ବିନା ଆଲୋଚନା କିମ୍ବା ପୂର୍ବ ସୂଚନା ନଥାଇ ଉଚ୍ଛେଦକୁ ସ୍ଥାନୀୟ ଲୋକେ ବିରୋଧ କରିଥିଲେ । ଲୋକମାନଙ୍କ ବିରୋଧ ସତ୍ତ୍ୱେ ପ୍ରଶାସନ ନିଜ ଜିଦ୍ ?ରେ ଅଟଳ ରହିବା ସହ ଉଚ୍ଛେଦ ପୂର୍ବରୁ ଘରୁ ଆସବାବପତ୍ର ବାହାର କରିବାକୁ ମଧ୍ୟ ଲୋକମାନଙ୍କୁ ସମୟ ଦେଇ ନ ଥିଲେ । ଏପରିକି ଲୋକମାନେ କିଛି ସମୟ ମାଗିଥିଲେ ମଧ୍ୟ ଉଭୟ ତହସିଲଦାର ସେଥିପ୍ରତି ଦୃଷ୍ଟି ନ ଦେଇ ଜେସିବି ଡ୍ରାଇଭରକୁ ଘର ଭାଙ୍ଗିବାକୁ ନିର୍ଦ୍ଦେଶ ଦେଇଥିଲେ । ସେଠାରେ ଘର କରି ରହୁଥିବା କୃଷ୍ଣଚନ୍ଦ୍ର ପାଢୀ ନାମକ ଜନୈକ ବ୍ୟକ୍ତି ସରକାରଙ୍କ ଏହି ଉଚ୍ଛେଦକୁ ବିରୋଧ କରି ନିଜ ଦେହରେ ପେଟ୍ରୋଲି ଢାଳି ଆତ୍ମହତ୍ୟା କରିବାକୁ ଉଦ୍ୟମ କରିଥିଲେ । ଏଥିସହ ଘଟଣା ସମ୍ପର୍କରେ ଖବର ପାଇଁ ସେଠାରେ ପହଞ୍ଚିଥିବା ସାମ୍ବାଦିକ ଶେଖ୍ ରିଆଜ ମହମ୍ମଦ ତହସିଲଦାରଙ୍କୁ ଉଚ୍ଛେଦ ସମ୍ପର୍କରେ ପ୍ରଶ୍ନ କରିଥିଲେ । କାହା ଆଦେଶରେ ଉଚ୍ଛେଦ କରାଯାଉଛି ବୋଲି ପଚାରିବାରୁ ଅଧିକାରୀ ଜଣକ କ୍ରୋଧିତ ହୋଇ ଉଚ୍ଛେଦ ହେବ ବୋଲି କହିଥିଲେ । ଏହାପରେ ସେଠାରେ ଥିବା ଜେସିବି ମାଡ଼ି ଆସିବାରୁ ଶ୍ରୀ ମହମ୍ମଦ ତଳେ ପଡିଯାଇଥିଲେ । ତାଙ୍କ ମୁଣ୍ଡ, ଛାତି ଓ ଅଣ୍ଟାରେ ଗଭୀର ଆଘାତ ଲାଗିଥିଲା ଗୁରୁତର ଅବସ୍ଥାରେ ଶ୍ରୀ ମହମ୍ମଦଙ୍କୁ ପ୍ରଥମେ ଖଣ୍ଡପୁର ଡାକ୍ତରଖାନା ଓ ପରେ ଭୁବନେଶ୍ୱର ଏମ୍ସକୁ ସ୍ଥାନାନ୍ତର କରାଯାଇଥିଲା । ଏହାପରେ ଘଟଣାସ୍ଥଳରେ ପ୍ରବଳ ଉତ୍ତେଜନା ପ୍ରକାଶ ପାଇବାରୁ ଉଭୟ ତହସିଲଦାର ସଦଳବଳେ ଘଟଣାସ୍ଥଳରୁ ପଳାଇଯାଇଥିଲେ ।ଏଠାରେ ସୂଚନାଯୋଗ୍ୟ, ଶ୍ରୀ ଜଗନ୍ନାଥଙ୍କ ସମ୍ପତ୍ତିରେ ବସବାସ କରୁଥିବା ଲୋକଙ୍କ ନାମରେ ଜମି ହସ୍ତାନ୍ତର କରିବା ଲାଗି ପଦକ୍ଷେପ ନିଆଯିବା ନେଇ ବାରମ୍ବାର ସରକାର କହୁଥିବା ବେଳେ ଲୋକମାନଙ୍କୁ ସୂଚୀତ ନ କରି ଉଭୟ ତହସିଲଦାର ଲୋକମାନଙ୍କ ଘର ଭାଙ୍ଗିବା ସାଧାରଣରେ ସନ୍ଦେହ ସୃଷ୍ଟି କରୁଛି । କେତେକ କୁଚକ୍ରୀ ଗୋଷ୍ଠୀଙ୍କ ପ୍ରରୋଚନା କିମ୍ବା ଆକ୍ରୋଶମୂଳକ ଭାବରେ ଲୋକମାନଙ୍କୁ ବାସଚ୍ୟୁତ କରାଯାଉଥିବା ସାଧାରଣରେ ଚର୍ଚ୍ଚା ହେଉଛି । ଏ ପ୍ରକାର ବର୍ବରୋଚିତ ଆକ୍ରମଣକୁ ରାଷ୍ଟ୍ରୀୟ ପତ୍ରକାର ମହାସଂଘ ନୂଆଦିଲ୍ଲୀର ଜାତୀୟ ସଭାପତି ଡକ୍ଟର ପବିତ୍ର ମୋହନ ସାମନ୍ତରାୟ ଘୋର ନିନ୍ଦା କରିବା ସହ ଦୋଷୀ ଅଧିକାରୀଙ୍କ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ପାଇଁ ପୋଲିସ ମହାନିର୍ଦ୍ଦେଶକ, ମୁଖ୍ୟ ସଚିବ ତଥା ମାନ୍ୟବର ରାଜ୍ୟପାଳ ଓ ମୁଖ୍ୟମନ୍ତ୍ରୀଙ୍କ ନିକଟରେ ଦାବି କରିଛନ୍ତି ।








# ଟି ଟାଇମ୍

## ଜୋକ୍ସ



ଶିକ୍ଷକ-କାଲି ସ୍କୁଲ କାହିଁକି ଆସି ନଥିଲ ?

ଛାତ୍ର-କାଲି ପରା ମୁଁ ପଡିଗଲି । ଆଉ ଲାଗିଗଲା

ଶିକ୍ଷକ-କେଉଁଠି ପଡିଗଲ ଆଉ କ’ଣ ଲାଗିଗଲା ?

ଛାତ୍ର ଖଟରୁ ପଡିଗଲି ଆଉ ମୋ ଆଖି ଲାଗିଗଲା ।

# କୃତ୍ରିମ ଜଳପ୍ରପାତ



ଚାଇନା ଅନ୍ତର୍ଗତ ୟୁନାନ ପ୍ରଦେଶର କୁନମିଂରେ ପର୍ଯ୍ୟଟକଙ୍କ ମନୋରଞ୍ଜନ ପାଇଁ ଏକ କୃତ୍ରିମ ଜଳ ପ୍ରପାତ ସୃଷ୍ଟି କରାଯାଇଛି । ଏହାର ଉଚ୍ଚତା ସାଢ଼େ ୧୨ ମିଟର । ଚଉଡା ଚାରି ଶହ ମିଟର । ନିଉଲାନ୍ ନଦୀରେ ପ୍ରବାହିତ ଜଳକୁ ୟୁନାନର ବୃହତ୍ତମ ମଧୁର ଜଳ ହ୍ରଦ ଡିଆନସି ମଧ୍ୟରେ ପ୍ରବେଶ କରାଇ ଏହି ପ୍ରପାତ ସୃଷ୍ଟି କରାଯାଇଛି । ଏହାଦ୍ୱାରା ବନ୍ୟା ବିପ୍ରାତରୁ ରକ୍ଷା ମିଳିବା ସହ ସହରର ପାନୀୟ ଜଳ ଯୋଗାଣ ବ୍ୟବସ୍ଥାରେ ଉନ୍ନତି ଆସି ପାରିବ । କୃତ୍ରିମ ଜଳ ପ୍ରପାତ ଚାରିପଟେ ଉଦ୍ୟାନ ରହିଛି । ଦୁଇ ବର୍ଷ ତଳେ ଉଭୟ ପ୍ରପାତ ଓ ଉଦ୍ୟାନ ବିକଶିତ କରାଯାଇଛି । ଉକ୍ତ ପ୍ରକଳ୍ପରେ ସତର କୋଟି ମାର୍କିନ୍ ଡଲାର ବ୍ୟୟ ହୋଇଥିବା ପ୍ରକାଶ ।

# ସ୍ମରଣଶକ୍ତି ବଢ଼ାଏ ଅଣ୍ଡା

ଆମେରିକା ସ୍ଥିତ ଟପ୍ଟ ୟୁନିଭରସଟିର ରିସର୍ଚ୍ଚ କର୍ତ୍ତାମାନଙ୍କ କହିବା ହେଉଛି କି ଅଣ୍ଡା ଖାଇବା ଦ୍ୱାରା ମସ୍ତିଷ୍କ ମଜଭୁତ୍ ହୋଇଥାଏ ଏବଂ ଡିମେସିୟା ଭଳି ରୋଗର ଭୟ ଟଳିଯାଇଥାଏ । ଏହି ସମସ୍ୟାରେ ପୀଡ଼ିତ ଲୋକମାନଙ୍କର ସ୍ମରଣ ଶକ୍ତି ଅତି କମ୍ ହୋଇଯାଇଥାଏ । ରିସର୍ଚ୍ଚରେ ସାମିଲ୍ ଥିବା ଲୋକମାନଙ୍କୁ ଦୁଇ ଟିମ୍‌ରେ ବିଭାଜିତ କରାଯାଇଥିଲା । ପ୍ରଥମ ଟିମ୍‌କୁ ଖାଇବା ପାଇଁ ନିୟମିତ ୨ଟି ଲେଖାଏଁ ଅଣ୍ଡା ଦିଆଯାଉଥିଲା । ଯେବେକି ଅନ୍ୟ ଟିମ୍‌କୁ ଅଣ୍ଡା ପ୍ରତିବଦଳରେ ଅନ୍ୟାନ୍ୟ ଦ୍ରବ୍ୟ ଖାଇବାକୁ ଦିଆଯାଉଥିଲା । ମାସକ ପରେ ଦୁଇଟି ଟିମ୍‌ର ସଦସ୍ୟମାନଙ୍କର ସ୍ମରଣ ଶକ୍ତି, ତର୍କ କ୍ଷମତା ଏବଂ ଏକାଗ୍ରତା ସ୍ତରର ପରୀକ୍ଷା କରାଯାଇଥିଲା । ନିୟମିତ ଅଣ୍ଡା ଖାଉଥିବା ଟିମ୍‌ର ସଦସ୍ୟମାନଙ୍କର ପ୍ରଦର୍ଶନ ଅନ୍ୟ ଟିମ୍ ତୁଳନାରେ ଅଧିକ ଭଲ ହୋଇଥାଏ । ଅଣ୍ଡାରେ ଲ୍ୟୁଟିନ୍ ଏବଂ ଜେସିକାଥିନ୍ ନାମକ ଦୁଇ ପ୍ରକାର ଅକ୍ସିକରଣ ରୋଗ ପ୍ରତିରୋଧକ ତତ୍ତ୍ୱ ମିଳିଥାଏ । ଯାହା ଭାବିବା ଓ ବୁଝିବା ପ୍ରକ୍ରିୟାକୁ ସହଜ କରିଥାଏ । ଏଥିପାଇଁ ଆପଣ ମାଂସାହାରୀ ହୋଇଥାନ୍ତି ତେବେ ପ୍ରତିଦିନ ଖାଦ୍ୟରେ ଅଣ୍ଡାକୁ ସାମିଲ କରନ୍ତୁ ।

# ଜିନ୍ସ ସୃଷ୍ଟି କରୁଛି ସମସ୍ୟା



ଆଜିକାର ଅତ୍ୟାଧୁନିକ ଯୁବତୀମାନେ ଚିପା ଜିନ୍ସ ପିନ୍ଧିବାକୁ ଏକ ଫ୍ୟାଶନ ମନେ କରୁଛନ୍ତି । ହେଲେ ଏହାଦ୍ୱାରା ଯେ ସ୍ୱାସ୍ଥ୍ୟଗତ ସମସ୍ୟା ସୃଷ୍ଟି ହୁଏ ସେଥିପ୍ରତି କେହି ଧ୍ୟାନ ଦିଅନ୍ତି ନାହିଁ। ଏକ ଗବେଷଣାରୁ ଜଣାଯାଇଛି ଯେ ଚିପା ଜିନ୍ସ ପିନ୍ଧିବା ଦ୍ୱାରା ଏକ ପ୍ରକାର ସ୍ନାୟୁଗତ ରୋଗ ସୃଷ୍ଟି ହୁଏ, ଯାହାକୁ କୁହନ୍ତି ‘ମେରାଲଜିଆ ପାରେସ୍ଥଟିକା’ ବା ‘ଟିଂଗଲିଙ୍ଗ୍ ଥିଙ୍ଗ ସିଣ୍ଡ୍ରମ’। ଏହାଦ୍ୱାରା ଜଙ୍ଘରେ ଯାଇଥିବା ଚର୍ମ ସମ୍ବନ୍ଧୀୟ ସ୍ନାୟୁଗୁଡିକ ଏମିତି ପ୍ରତିକ୍ରୀୟାଶୀଳ ହୋଇପଡ଼ନ୍ତି ଯେ ଗୋଡ଼ ଝିମ୍‌ଝିମ୍ ଲାଗିବା ସହ ବିନ୍ଧି ଉଠେ। ଏହି ରୋଗରେ ଗୋଡ଼ ଅକାମି ହୋଇଗଲା ପରି ଅନୁଭୂତ ହୁଏ। ଚିପା ଜିନ୍ସ ସାଙ୍ଗକୁ ଯଦି ହାଇ ହିଲ୍ ଜୋତା ପିନ୍ଧିଥିବେ ତେବେ ଅବସ୍ଥା ଆହୁରି ସଙ୍ଗିନ ହୋଇଯିବାର ଆଶଙ୍କା ଥାଏ।

# ଦୁଦୁରା ଫୁଲର ଔଷଧୀୟ ଗୁଣ



ଶ୍ରାବଣ ମାସରେ ମହାଦେବଙ୍କଠାରେ ବିଲ୍ୱପତ୍ର, ଦୁଦୁରା ଏବଂ କ୍ଷୀର ଚଢ଼ାଇବାର ବିଶେଷ ମହତ୍ତ୍ୱ ରହିଛି । ଦୁଦୁରା ପୁଷ୍ପର ବିଶେଷତା ଓଉପଯୋଗ ଅଧିକ । ଆୟୁର୍ବେଦରେ ଦୁଦୁରାକୁ ବିଷ ବର୍ଗରେ ରଖାଯାଇଛି । ଏହାର ବୀଜକୁ ଔଷଧ ରୂପେ ରଖାଯାଏ । ଅଧ ଲିଟର ସୋରିଷ ତେଲରେ ଦୁଦୁରା ପତ୍ରର ରସ ମିଶାଇ ଗରମ କରି ମୁଣ୍ଡରେ ଲଗାଇଲେ ଉଙ୍କୁଣି ଲୋପ ପାଇଯାଇଥାଏ । ଦୁଦୁରା ପତ୍ରର ରସକୁ ସାମାନ୍ୟ ଗରମ କରି ଗଣ୍ଠି ସ୍ଥାନରେ ଲଗାଇ ପଟି ବାନ୍ଧି ରଖିଲେ ବିନ୍ଧାବିନ୍ଧି ଦୂର ହୋଇଯାଇ ଥାଏ । ଦୁଦୁରା ଗଛର ପତ୍ର, ଫୁଲ, ଫଳ, ତ୍ୱକ ଏବଂ କାଣ୍ଡର ରସକୁ ମିଶାଇ ରାଶି ତେଲରେ ପକାଇ ଗରମ କରି କାନରେ ପକାଇଲେ କାନ ପରିଷ୍କାର ହେବା ସହ କାନ ପିଡା କମିଯାଏ । ଦୁଦୁରା ମଞ୍ଜିର ପୋଡା ଅଂଶକୁ ଜ୍ୱର ସମୟରେ ଶରୀରରେ ଲଗାଇଲେ ଜ୍ୱର କମ ହୋଇ ଯାଇଥାଏ । ଦୁଦୁରା ଫଳର ଚୂର୍ଣ୍ଣକୁ ଅଧା ଚାମଚ ଗୁଆ ଘିଅ ଓ ମହୁ ସହ ମିଶାଇ ପ୍ରତିଦିନ ସେବନ କଲେ ସ୍ତ୍ରୀ ମାନଙ୍କର ପ୍ରସବ ଠିକ ସମୟରେ ହୋଇଥାଏ ।

## ପୁରାଣ କାହାଣୀ

# ବାଣୀ ପ୍ରଭାବରେ ଚୋର ହେଲା ସାଧୁ



ଅନ୍ଧାର ରାତିରେ ଚୋରଟି ଚୋରି କରି ଅଣନିଃଶ୍ୱାସୀ ହୋଇ ଚାଲି ଚାଲି ଥକି ଗୋଟିଏ ବୃକ୍ଷମୂଳେ ବିଶ୍ରାମ ନେଉଥିଲା । ହଠାତ୍ ସେ ରାସ୍ତରକଡରେ ବିଶ୍ରାମ ନେଉଥିବା ସମୟରେ ଜରିମାନଙ୍କ ଉପରେ ନଜର ପଡିଲା । ନିଶ୍ଚିନ୍ତରେ ଶୋଇଥିବା ଜରିର ଜୀବନଧାରା ସହିତ ନିଜକୁ ତୁଳନା କରି ଗଭୀର ଚିନ୍ତା କରିବାକୁ ଲାଗିଲା । କେତେବେଳେ ସୂର୍ଯ୍ୟ ଉଦୟ ହେଲେ ତାହା ସେ ଜାଣି ପାରିଲା ନାହିଁ । ଅନ୍ଧାର ଅପସରି ଆସୁଥିବା ବେଳେ ଚୋରର ମାନସିକ ଉଦବେଳନ ବଢ଼ି ଚାଲିଥାଏ । ସେହି ସମୟରେ ସେ ଲୋକଙ୍କୁ ଦେଖି ଭୟଭୀତ ହୋଇ ଚମକି ଉଠିଲା । କାଳେ କିଏ ତାକୁ ଦେଖିଦେଲା ଆଉ ଚିହ୍ନିଦେଲା କି ? ଭିକାରୀ ଓ ବୁଲା କୁକୁର ନିଜ ନିଜ ପେଟ ଭରଣା ପାଇଁ ଏଣେତେଣେ ବୁଲି ଖାଦ୍ୟ ସଂଗ୍ରହ କରିବାକୁ ଲାଗିଲେ ।

କିନ୍ତୁ ଚୋର ପାଇଁ ଦିନଟି ଥିଲା ଅଭିଶାପ । ଭିକାରୀ କଥା ମନେ ପକାଉ ପକାଉ ତା’ ମା କଥା ମନେ ପଡିଲା । ମା’ତାକୁ କହୁଥିଲା କାମକୁ ଡରି ପଳାଇ ଯାଉଛି ଭବିଷ୍ୟତରେ ଅସୁବିଧା ଭୋଗିବୁ । ଏହି କଥା ଭାବୁ ଭାବୁ ରାସ୍ତାରେ ଯାଉଥିବା ଦୁଇ ଦମ୍ପତ୍ତିଙ୍କ କଥା ଶୁଣିବାକୁ ପାଇଲା । ଦୁଇ ଦମ୍ପତ୍ତି ରାତିରେ ସାଧୁଙ୍କ ପ୍ରବଚନ ଶୁଣି ସକାଳେ ଘରକୁ ପ୍ରତ୍ୟାବର୍ତ୍ତନ କରୁଥିଲେ । ସେମାନେ ରାସ୍ତାରେ ସାଧୁଙ୍କ ବାଣୀ ଏତେ ଶାନ୍ତିପ୍ରଦ, ହିତକାରକ, ପ୍ରେରଣାଦାୟୀ ଥିଲା ବୋଲି କୁହାକୁହି ହୋଇ ଯାଉଥିଲେ । ଏହା ଶୁଣି ଚୋରର ମନ ସାଧୁଙ୍କ ବାଣୀ ପ୍ରତି ଆକର୍ଷିତ ହେଲା । ସାଧୁଙ୍କ ବାଣୀରେ ସେ ଏତେ ବିମୁଗ୍ଧ ହୋଇଗଲାଯେ ସେ ସାଧୁଙ୍କ ନିକଟକୁ ଆସିଲା ଓ ପ୍ରବଚନ ଶୁଣିଲା । ଲୁଚାଛପା କାମ କଲେ ମନରେ ଭୟ ଜାତ ହୋଇଥାଏ ବୋଲି ସାଧୁ କହିଲେ । ପରେ ଚୋର ସାଧୁଙ୍କୁ ସବୁ ସତ କଥା କହିଲା । ଅଜ୍ଞାତବସତଃ ମୁଁ ଆଜିଯାଏଁ କୁକର୍ମ କରି ଆସୁଥିଲି । କିନ୍ତୁ ଏବେ ପ୍ରତିଜ୍ଞା କରୁଛି ଆଜିଠାରୁ ମୁଁ ପରିଶ୍ରମ କରିବି ବୋଲି ସାଧୁଙ୍କୁ ସେ ପ୍ରତିଶ୍ରୁତି ଦେଇଥିଲା ।

# ଦାନ୍ତରେ ଟାଟୁ



ଅତ୍ୟାଧୁନିକା ମହିଳାମାନେ ସବୁବେଳେ ଚାହାନ୍ତି କେମିତି ନିଜକୁ ଭିନ୍ନ ଶୈଳୀରେ ପ୍ରଦର୍ଶିତ କରିବେ ଏବଂ ଶରୀରର ସୌନ୍ଦର୍ଯ୍ୟ ବୃଦ୍ଧି କରିବେ। ଆଜିକାର ଫ୍ୟାଶନ ଯୁଗରେ ଏଭ୍ରି ଅଡ୍ ଇଜ୍ ଏ ଷ୍ଟାଇଲକୁ ମଧ୍ୟ କେତେକ ଗ୍ରହଣ କରି ସେହିପରି ଢଙ୍ଗରେ ନିଜକୁ ସଜାଉଛନ୍ତି। ଏବେ ଏବେ ସୌନ୍ଦର୍ଯ୍ୟ ସଚେତନ ତରୁଣୀମାନେ ଦାନ୍ତରେ ଟାଟୁ ଆଙ୍କିବା ଦିଗରେ ବେଶି ଢଳୁଥିବା ପରିଲକ୍ଷିତ ହେଉଛି, ଯେମିତି କିଛି ବର୍ଷ ତଳେ ‘ନାହିମୁଦି’ ଫ୍ୟାଶନ ଅନେକଙ୍କୁ କିମିଆ କରିଥିଲା। ଦାନ୍ତରେ ଟାଟୁ ଆଙ୍କିବା ନୂଆ କଥା ନୁହେଁ। ଆଠଦଶ ବର୍ଷ ତଳେ ଦାନ୍ତରେ ଟାଟୁ କରି ହିପ୍‌ହପ୍ ଗାୟିକା, ନୃତ୍ୟାଙ୍ଗନା ଓ ମେଡେଲମାନେ ବିଭିନ୍ନ ଶୋ’କୁ ଆସିବା ପରେ ଏହାର ଚାହିଦା ବଢ଼ିବଢ଼ି ଚାଲିଛି। କିଶୋରୀ, କଲେଜ ଛାତ୍ରୀଠୁ ଆରମ୍ଭ କରି ପଇଁତିରିଶ ବର୍ଷ ଭିତରର ମହିଳାଙ୍କୁ ଦାନ୍ତରେ ଟାଟୁ ବେଶ୍ ମାନିବ ବୋଲି ସୌନ୍ଦର୍ଯ୍ୟ ବିଶେଷଜ୍ଞମାନେ କହନ୍ତି। ଅସ୍ଥାୟୀ ଓ ସ୍ଥାୟୀ ଭାବେ ଦାନ୍ତରେ ଟାଟୁ କରିହେବ।

# ପ୍ରସବ କରିବ ରୋବଟ !



ଇଞ୍ଜିନିୟର ତଥା ନୋବେଲିଷ୍ଟ ଜର୍ଜ ଜୈରକୈଡାକିସ୍‌ଙ୍କ ମତ ଅନୁସାରେ ଆସନ୍ତା ୨୦ରୁ ୩୦ ବର୍ଷ ମଧ୍ୟରେ ଏଭଳି ରୋବଟ ତିଆରି କରାଯାଇପାରିବ, ଯାହା ମଣିଷ ସହିତ ଶାରୀରିକ ସମ୍ପର୍କ ରଖିପାରିବ ଏବଂ ସନ୍ତାନ ପ୍ରସବ କରିପାରିବ। ଏପରିକି କେବଳ ରୋବଟ ପରସ୍ପର ମଧ୍ୟରେ ଶାରୀରିକ ସମ୍ପର୍କ ରଖିପାରିବେ। ବିଶେଷଜ୍ଞଙ୍କ କହିବା ଅନୁସାରେ ଯଦି ମଣିଷଙ୍କ ଅପେକ୍ଷା ରୋବଟଙ୍କ ସଂଖ୍ୟା ବୃଦ୍ଧି ପାଏ ତେବେ ଏହା ଦୁଃସ୍ୱପ୍ନ ସୃଷ୍ଟି କରିବ। ଏହାବ୍ୟତୀତ ପ୍ରଫେସର ବାର୍ବିକଙ୍କ ମତ ଅନୁସାରେ ରୋବଟର ଶାରୀରିକ ସମ୍ପର୍କ ସ୍ଥାପନ କରିବା ଏବଂ ସନ୍ତାନ ପ୍ରସବ କରିବା ନେଇ ସାମାଜିକ ସ୍ୱିକୃତୀ ବିଷୟରେ ଚିନ୍ତା କରାଯିବ। ଏଭଳି କୌଶଳକୁ ନେଇ କିଛି ପ୍ରତିକ୍ରିୟା ଓ ସମସ୍ୟା ମଧ୍ୟ ଉପୁଜିପାରେ ବୋଲି ବୈଜ୍ଞାନିକମାନେ ମତ ଦେଇଛନ୍ତି।

# ବିଶ୍ୱର ବଡ ଫୁଲ ବଜାର



ବିଶ୍ୱର ସବୁଠୁ ବଡ ଫୁଲ ବଜାର ପ୍ରତିଦିନ ଉତ୍ତର ହଲାଣ୍ଡ ଅନ୍ତର୍ଗତ ଆଲସମିର ସହରରେ ବସେ । ସେଠାରେ ବିଶ୍ୱର ସମସ୍ତ ଅଞ୍ଚଳର ଫୁଲ ବିକ୍ରି ହୁଏ । ଦୈନିକ ପ୍ରାୟ ଦୁଇ କୋଟିର ଫୁଲ ସେଠାରେ କାରବାର ହୋଇଥାଏ । ୨୪୩ ଏକର ଜମି ଉପରେ ଏଥିପାଇଁ ଗୋଦାମ ତିଆରି କରାଯାଇଛି । ପ୍ରତିଦିନ ରାତି ୧୦ଟା ସୁଦ୍ଧା ସେଠାକୁ ଫୁଲ ଆସେ ସାରା ରାତି ଫୁଲ ସଜାଡିବା କାର୍ଯ୍ୟ ଚାଲେ । ସକାଳ ୬ରେ ଫୁଲ ବିକ୍ରି ଆରମ୍ଭ ହୁଏ । ପାଇକାରୀ ବଜାର ହୋଇଥିବାରୁ ମୁଖ୍ୟତଃ ପାଇକାରୀମମାନେ ଏଠାକୁ ଆସନ୍ତି । ସମସ୍ତ ବିକ୍ରି ବଟା ନିଲାମ ଦ୍ୱାରା ହୁଏ । ଦିନ ୨ଟା ସୁଦ୍ଧା ବ୍ୟବସାୟ ସରେ ଏବଂ ପର ଦିନ ପାଇଁ ପ୍ରସ୍ତୁତି ଆରମ୍ଭ ହୋଇଥାଏ ।

# ଆଜିର ଭାଗ୍ୟ



**ମେଷ** କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।



**ବୃଷ** ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।



**ମିଥୁନ** କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନ କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।



**କର୍କଟ** ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ଥି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।



**ସିଂହ** ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।



**କନ୍ୟା** ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।



**ତୁଳା** ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।



**ବିଛା** ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।



**ଧନୁ** ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।



**ମକର** କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।



**କୁମ୍ଭ** ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।



**ମୀନ** କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

# ଫେସ୍‌ବୁକ ମାୟାରେ ଯୁବପିଢ଼ି

ବ୍ୟସ୍ତ ବହୁଳ ଜୀବନରେ ଫେସବୁକ ପାଲଟିଛି ମନୋରଞ୍ଜନର ମାଧ୍ୟମ । କାମରୁ ଟିକିଏ ଫୁରୁସତ ମିଳିଲେ ସମସ୍ତେ ଚାହାନ୍ତି ନିରୋଳାରେ ଅନ୍ତରଙ୍ଗ ବନ୍ଧୁ ସହ ଆଳାପ କରିବାକୁ । କିଛି ମନଖୋଲି କଥା ହେବାକୁ ଏବଂ ଅଜଣା ରାଇଜର ଖବର ଜାଣିବାକୁ । ହେଲେ ଏସବୁ ସମ୍ଭବ ହୋଇଛି ସୋସିଆଲ ମିଡିଆ ଫେସବୁକ ପାଇଁ । ସବୁ ପ୍ରତିବନ୍ଧକକୁ ଡେଇଁ ଫେସବୁକ ସମସ୍ତଙ୍କୁ ନିଜର କରି ପାରିଛି । ସ୍ନେହ, ଶ୍ରଦ୍ଧା ଦେଇ ମନ କିଣିଛି । ସେଥିପାଇଁ ଫେସବୁକ ଆଜି ଲକ୍ଷାଧିକ ଲୋକଙ୍କ ପସନ୍ଦ ପାଲଟିଛି । ସଫଳତାର ୧୦ ବର୍ଷ ଅତିକ୍ରମ କରି ଫେସବୁକ ରେକର୍ଡ ସୃଷ୍ଟି କରିଛି ।

୨୦୦୪ରେ ହାଭାର୍ଡରେ କିଛି ଛାତ୍ରଛାତ୍ରୀ ମେସେଜ ସେୟାର କରି ମଜା ନେବାର ସଫଳତା ଆଜି ବିଶ୍ୱାବସୀ ଅନୁଭବ କରୁଛନ୍ତି । ଯେଉଁ ମଜା ପରବର୍ତ୍ତି କାଳରେ ସାରା ବିଶ୍ୱାବସୀଙ୍କୁ ଏକତାର ସୂତ୍ରରେ ବାନ୍ଧି ପାରିଛି । ଦୀର୍ଘ ଦଶ ବର୍ଷ ହେଲା ଫେସବୁକ କୁହୁକରେ ସାରା ବିଶ୍ୱ ମସଗୁଲ ହୋଇ ଯାଇଛି । ସବୁ ବର୍ଗର ଜନସାଧାରଣ ଏହି ମୟାଜାଲରେ ଏମିତି ବାନ୍ଧି ହୋଇଛନ୍ତିଯେ ସହଜରେ ମୁକୁଳି ପାରୁ ନାହାନ୍ତି । ବିଶେଷକରି ଯୁବପିଢ଼ିଙ୍କ ପାଇଁ ଫେସବୁକ ଏକ ବରଦାନ ସଦୃଶ ପାଲଟିଛି । ବନ୍ଧୁତା ମଧ୍ୟରେ ଦୂରତା କମାଇବାରେ ଏହି ସୋସିଆଲ ମିଡିଆ ଫେସବୁକ ପ୍ରମୁଖ ଭୂମିକା ଗ୍ରହଣ କରିଛି । ଯେଉଁଥିପାଇଁ ଦିନକୁ ଦିନ ଫେସବୁକର ଲୋକପ୍ରିୟତା ଓ ୟୁଜର୍ସଙ୍କ ସଂଖ୍ୟା ବଢ଼ି ଚାଲିଛି । ୧୦ ବର୍ଷ ପୂର୍ବରୁ ଭାରତରେ ଏହାର ସଚେତନତା କମ ଥିଲା । ତେଣୁ ଫେସବୁକ ସମ୍ବନ୍ଧରେ ଅଧିକାଂଶ ଯୁବପିଢ଼ି ଅଜ୍ଞ ଥିଲେ । କିନ୍ତୁ ଆଇଟି ସେକ୍ଟର ଯେପରି ଭାବେ ଦୃତ ଗତିରେ ଚାରିଆଡେ ବ୍ୟାପିଲା ଭାରତରେ ମଧ୍ୟ ତାର ପ୍ରଭାବ ପଡିଲା । ଫଳରେ ଫେସବୁକ ଧିରେଧିରେ ଜନାଦୃତ ହେଲା । ମୁମ୍ବାଇ, ଦିଲ୍ଲୀ, ବାଙ୍ଗାଲୋର ଏବଂ ହାଇଦ୍ରାବଦ ଭଳି ମେଟ୍ରୋ ସିଟିରେ ଏହି ସୋସିଆଲ ମିଡିଆ ପ୍ରଚାର ପ୍ରସାର ହେବା ପରେ ଗାଁ ଗହଳିରେ ବି ଏହାର ଜାଲ ପଡି ଯାଇଛି । ଫେସବୁକ ମାଧ୍ୟମରେ ଭାବ ଆଦାନ ପ୍ରଦାନ ଅତି ସହଜରେ ହେଉଥିବାରୁ ସମସ୍ତଙ୍କ ପ୍ରିୟଭାଜନ ହୋଇ ପାରିଛି । ବର୍ତ୍ତମାନସୁଦ୍ଧା ଫେସବୁକର ୧୫୦ ବିଲିଅନ ଡଲାର ସହଯୋଗୀ ହୋଇଥିବା ବେଳେ ୨୦୧.୬ ବିଲିଅନ ବ୍ୟକ୍ତି ବନ୍ଧୁତାର ସୂତ୍ରରେ ବାନ୍ଧି ହୋଇଛନ୍ତି । ପ୍ରତି ମାସରେ ୧.୨୩ ବିଲିଅନ ଲୋକ ଫେସବୁକ ବ୍ୟବହାର କରୁଛନ୍ତି । ପ୍ରତିଦିନ ୬ ବିଲିଅନ ଲୋକ ଫେସବୁକ ପସନ୍ଦ କରୁଥିବା ବେଳେ ୪୦୦ ବିଲିଅନ ଫଟୋ ସେୟାର ହୋଇଛି । ଏହାସହ ୭.୮ ଟ୍ରିଲିଅନ ମେସେଜ ଫେସବୁକରୁ ପଠା ଯାଇଛି । ସୋସିଆଲ କ୍ଲିନିକ ୱେବସାଇଟର ମତ ଅନୁସାରେ କେଳବ ୨୦୧୩ରେ ସାଉଦିରେ ୭.୮ ମିଲିଅନ ଫେସବୁକ ବ୍ୟବହାରକାରୀ ଥିଲେ । ୨୦୦୪ରେ ମାତ୍ର ୧ ମିଲଅନ ଫ୍ୟାନଙ୍କୁ ନେଇ ଆରମ୍ଭ ହୋଇଥିବା ଫେସବୁକ ବର୍ତ୍ତମାନ ୧,୨୩୦ ମିଲିଅନ ବ୍ୟବହାରୀକାରୀଙ୍କ ପାଖରେ ପହଞ୍ଚିଛି । ୨୦୦୫ରେ ୬ ମିଲିଅନ ବ୍ୟବହାରୀକାରୀ ଥିବା ବେଳେ ୨୦୦୭ରେ ୫୮ ମିଲିଅନ, ୨୦୦୮ରେ ୧୪୫ ମିଲିଅନ, ୨୦୦୯ରେ ୩୬୦ ମିଲିଅନ, ୨୦୧୦ରେ ୬୦୮, ୨୦୧୧ରେ ୮୪୫, ୨୦୧୨ରେ ୧,୦୫୬ ଏବଂ ୨୦୧୩ରେ ୧,୨୩୦ ମିଲିଅନ ବ୍ୟକ୍ତି ଫେସବକୁ ବ୍ୟବହାର କରୁଥିବା ୧୦ ବର୍ଷ ପୂର୍ତ୍ତି ଉତ୍ସବରୁ ଜଣାପଡିଥିଲା ।




# ଶିଶୁପାଳଗଡ ଶାଖା ଡାକଘର କ'ଣ କେନ୍ଦ୍ର ସରକାରଙ୍କର ସାବତ ପୁଅ କି ?




ଭୁବନେଶ୍ୱର (ପିଏନ୍): ଭୁବନେଶ୍ୱର ଉପକଣ୍ଠ ଏକାମ୍ର ନିର୍ବାଚନ ମଣ୍ଡଳୀର ଲିଙ୍ଗିପୁର ଗ୍ରାମପଂଚାୟତରେ ଥିବା ଶାଖା ଡାକଘର ବର୍ତ୍ତମାନ ଜରାଜୀର୍ଣ୍ଣ ଅବସ୍ଥାରେ ଅଛି। କୌଣସି ମୌଳିକ ସେବା ପାଇବାରୁ ଜନସାଧାରଣ ବଂଚିତ। ଡାକ ଟିକେଟ, ରେଭିନ୍ୟୁ ଷ୍ଟାମ୍ପ, ଏନ୍‌ଭଲପ୍ ପୋଷ୍ଟକାର୍ଡ, ଇତ୍ୟାଦି ଜମା ଉପଲବ୍ଧ ହେଉନାହିଁ। ଏହାକୁ ନେଇକରି ଜନଅସନ୍ତୋଷ ବୃଦ୍ଧି ପାଇବାରେ ଲାଗିଛି। ଶିଶୁପାଳଗଡ ଏବଂ ଲିଙ୍ଗିପୁର ପଂଚାୟତର ୨୬ଟି ୱାର୍ଡର ଜନସାଧାରଣ ଡାକସେବାର କୌଣସି ସେବା ପାଇପାରୁନାହାଁନ୍ତି। ସ୍ପିଡ ପୋଷ୍ଟ ସେବା ଏହି ଶାଖା ଡାକଘରେ ଉପଲବ୍ଧ ଥିଲେ ମଧ ବିଡମ୍ବନାର ବିଷୟ ଇଂଟରନେଟ ସେବାର ଉପଲବ୍ଧି ରହୁନାହିଁ। ଯାହାଫଳରେ ନାହିଁନଥିବା ହଇରାଣ ହେଉଛନ୍ତି ଜନସାଧାରଣ। ଡାକବକ୍ସଟି ଭାଙ୍ଗି ଉପୁଡି ଯାଇଛି। ଯାହାଫଳରେ ୪ କିଲୋମିଟର ଦୂର ଓଲଡ୍ ଟାଉନ ପୋଷ୍ଟ ଅଫିସ ଉପରେ ନିର୍ଭର କରିବାକୁ ପଡୁଛି। ହାରାହାରି ଘଂଟେରୁ ଅତି ବେଶୀରେ ଦୁଇ ଘଂଟା ଖୋଲା ରହୁଛି ଶାଖା ଡାକଘର (୧୦-୧୨ପର୍ଯ୍ୟନ୍ତ ଖୋଲା ରହୁଛି)। କୌଣସି ଚିଠି ଆସିଲେ କମ ସେ କମ୍ ୮ରୁ ୧୦ଦିନ ଉର୍ଦ୍ଧ୍ୱ ଲାଗୁଛି କୌଣସି ଠିକଣାରେ ପହଂଚିବା ପାଇଁ। ୧୦୦୦୦ରୁ ଉର୍ଦ୍ଧ୍ୱ ଏହି ଦୁଇ ପଂଚାୟତର ଲୋକ ବାଧ ହୋଇ ୪ କିଲୋମିଟର ଦୂର ଯିବାକୁ ପଡୁଛି ଏବଂ ଗରିବ ଲୋକମାନେ ବହୁ ହଇରାଣ ହେଉଛନ୍ତି। ଏହି ଡାକଘରର ଉନ୍ନତି ନକରିବା ପାଇଁ କିଛି କୋରିଅର ସଂସ୍ଥା ହୀନ ଚକ୍ରାନ୍ତ କରୁଥିବା ଶୁଣିବାକୁ ମିଳୁଛି। ଡାକବକ୍ସଟି ବିଗତ ବହୁଦିନ ହେଲାଣି ଅକାମି ହୋଇ ପଡିରହିଛି। ଶାଖା ଡାକ ଘରେ ପାଣିର କୌଣସି ସୁବିଧା ନାହିଁ। ଯାହାଫଳରେ ବହୁ ଅସନ୍ତୋଷ ଦେଖାଯାଉଛି। କେନ୍ଦ୍ରମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ ଓଡିଶାର ହୋଇଥିଲେ ମଧ ଦୀପତଳ ଅନ୍ଧାର ଭଳି ଲାଗୁଛି। ନା ଭିତିଭୂମି ଅଛି ନା ମୌଳିକ ସେବା ମିଳୁଛି। ସାଧାରଣ ଲୋକ ହନ୍ତସନ୍ତ ହେଉଛନ୍ତି। ଡାକଘର ଉପରେ ଲେଖାହୋଇଛି ୧୦ଟାରୁ ୨ଟା ଖୋଲା ରହୁଛି। କିନ୍ତୁ ସବୁଦିନ ୧ଟା ବେଳେ ବନ୍ଦ ହୋଇଯାଉଛି। ଯାହାଫଳରେ ଜରୁରୀ ଚିଠି ଡାକଟିକେଟ ପାଇବାରେ ସାଧାରଣ ଲୋକମାନେ ହଇରାଣ ହେଉଛନ୍ତି। ଶାଖା ଡାକଘରେ ଥିବା କର୍ମଚାରୀମାନେ ମନଇଚ୍ଛା ଅଫିସ ଖୋଲୁଛନ୍ତି, ନିଜ ଇଚ୍ଛା ଅନୁସାରେ ଆସୁଛନ୍ତି ଏବଂ ଅଫିସକୁ ବନ୍ଦ କରି ଦେଉଛନ୍ତି। ଅଫିସ ଭିତରକୁ ଜଣେ ଗଲେ ଦ୍ୱିତୀୟ ଲୋକ ପାଇଁ ଜାଗା ନାହିଁ। କେନ୍ଦ୍ରମନ୍ତ୍ରୀ ମହାଶୟ ତୁରନ୍ତ ହସ୍ତକ୍ଷେପ କରି ଏହି ଶାଖା ଡାକଘରର ଭିତିଭୂମି ଏବଂ ମୌଳିକ ସେବା ସହିତ ସନ୍ଧ୍ୟା ପର୍ଯ୍ୟନ୍ତ ଖୋଲିବା ପାଇଁ ନିର୍ଦ୍ଦେଶ ଦିଅନ୍ତୁ ଏବଂ ନିଜେ ତଦାରଖ କରନ୍ତୁ ଯେପରି ଭାବେ କୌଣସି ଜନସାଧାରଣ ମୌଳିକ ସେବାରୁ ବଂଚିତ ନ ହୁଅନ୍ତି। କେନ୍ଦ୍ର ସରକାର ଅଧୀନସ୍ଥ ଡାକଘରେ ବିଭିନ୍ନ ଯୋଜନା ଥିଲେ ମଧ ପୋଷ୍ଟ ଅଫିସରେ କେମିତି କାର୍ଯ୍ୟକାରୀ ହେବ ତଥା ଆଧାର କାର୍ଡ ଭେରିଫିକେସନ୍, ଜମା ଖାତା, ଏନ୍‌ଏସି, ସୁକନ୍ୟା ଯୋଜନା ଏବଂ କେନ୍ଦ୍ର ସରକାରଙ୍କର ସବୁ ଜନକଲ୍ୟାଣକାରୀ ସୁବିଧା ମିଳିବା ପାଇଁ ମନ୍ତ୍ରୀ ମହୋଦୟ ନିର୍ଦ୍ଦେଶ ଦେଇ ଜନସାଧାରଣଙ୍କୁ ଏହି ସୁବିଧାର ତୁରନ୍ତ ଉପଲବ୍ଧ କରାନ୍ତୁ।

## ବାଚସ୍ପତିଙ୍କୁ ଅଭିନନ୍ଦନ ଜଣାଇଲା ଉତ୍କଳ ସମ୍ମିଳନୀ

ଭୁବନେଶ୍ୱର (ପିଏନ୍): ଓଡିଶା ବିଧାନସଭାର ଉଦ୍ୟମ ଫଳରେ ଦୀର୍ଘ ୧୦୦ ବର୍ଷ ତଳର ବିବରଣୀ ବିହାର ବିଧାନସଭାରୁ ଅଣାଯାଇପାରିଥିବାରୁ ବିଧାନସଭାର ବାଚସ୍ପତି ବିକ୍ରମ କେଶରୀ ଆରୁଖ, ପୂର୍ବତନ ବାଚସ୍ପତି ସୂର୍ଯ୍ୟନାରାୟଣ ପାତ୍ର, ସଚିବ ଦାଶରଥି ଶତପଥୀ, ଯୁଗ୍ମ ନିର୍ଦ୍ଦେଶକ ଶିବପ୍ରସାଦ ପଟ୍ଟନାୟକ, ଗବେଷଣା ଅଧିକାରୀ ଜୟକୃଷ୍ଣ ପ୍ରଧାନ ଓ ସ୍ୱତନ୍ତ୍ର କାର୍ଯ୍ୟକାରୀ ଅଧିକାରୀ (ଗବେଷଣା) ଅମୂଲ୍ୟ କୁମାର ସ୍ୱାଇଁଙ୍କୁ ଉତ୍କଳ ସମ୍ମିଳନୀ କୃତଜ୍ଞତା ଜ୍ଞାପନ କରିବା ସହିତ ଅଭିନନ୍ଦନ ଜଣାଇଛି। ଆମ ପାଖରେ ଆମ ରାଜ୍ୟର ୧୯୨୨ ମସିହାରୁ ୧୯୩୬ ମସିହା ପର୍ଯ୍ୟନ୍ତ ତଥ୍ୟ ନଥିଲା। ଏହି ତଥ୍ୟ ମିଳିବା ପରେ ଓଡିଶାର ଇତିହାସ ଲେଖାରେ ସହାୟକ ହେବ ବୋଲି ଉତ୍କଳ ସମ୍ମିଳନୀ ପକ୍ଷରୁ ସମ୍ମିଳନୀର ମଞ୍ଚେଶ୍ୱର ଶିଳ୍ପାଞ୍ଚଳ ଶାଖା ସଭାପତି ଅଧିବକ୍ତା ଦିଲ୍ଲୀପ ଦାଶଶର୍ମା କହିଛନ୍ତି। ଏହି ତଥ୍ୟକୁ ଆଧାର କରି ଏକ ତଥ୍ୟଭିତିକ ପୁସ୍ତକ ରଚନା କରିବା ପାଇଁ ଶ୍ରୀ ଦାଶଶର୍ମା ମଧ୍ୟ ମାନ୍ୟବର ବାଚସ୍ପତିଙ୍କୁ ଅନୁରୋଧ କରିଛନ୍ତି।

## ଜିଲ୍ଲାପାଳଙ୍କୁ ଭେଟି ବନ୍ୟାଞ୍ଚଳ ବାବଦରେ ସମୀକ୍ଷା କଲେ ସାଂସଦ

ବାଲେଶ୍ୱର (ପିଏନ୍)- ଲଘୁଚାପ ଜନିତ ବର୍ଷା ଯୋଗୁଁ ଉତ୍ତର ବାଲେଶ୍ୱରରେ ବନ୍ୟାପଣି ମାଡ଼ିଥିବା ଅଞ୍ଚଳକୁ ସାଂସଦ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀ ଗସ୍ତ କରିବା ପରେ ନିଜେ ଅନୁଭବ କରିଥିବା ବନ୍ୟା ପ୍ରପୀଡ଼ିତଙ୍କ ଅସୁବିଧାକୁ ବାଲେଶ୍ୱର ଜିଲ୍ଲା ବିଜେପିର ପ୍ରତିନିଧି ମଣ୍ଡଳୀଙ୍କ ସହ ଯାଇ ଜିଲ୍ଲାପାଳଙ୍କୁ ତାଙ୍କ ବାସଭବନ ସ୍ଥିତ କାର୍ଯ୍ୟାଳୟରେ ଭେଟି ଲୋକଙ୍କୁ କେମିତି ସୁଷମ ଭାବେ ରନ୍ଧାଖାଦ୍ୟ, ଶୁଖିଲା ଖାଦ୍ୟ, ପଲିଥିନ, ଔଷଧ ପିଇବା ପାଣି, ଗୋଖାଦ୍ୟ ସୁଚାରୁ ରୂପେ ବଣ୍ଟନ କରାଯିବ ସେ ବାବଦରେ ଆଲୋଚନା କରିଥିଲେ। ଯେଉଁମାନଙ୍କର ଘର ବନ୍ୟାପାଣିରେ ଭାଙ୍ଗିଯାଇଛି, ଚାଷଜମି କ୍ଷତିଗ୍ରସ୍ତ ହୋଇଛି ସେମାନଙ୍କୁ ରାଜନୀତି ପ୍ରିୟାପ୍ରୀତି ଉର୍ଦ୍ଧ୍ୱରେ ଯାଇ ଚିହ୍ନଟ କରିବା ପାଇଁ ଏବଂ ବେଆଇନ ଭାବେ ସରକାରୀ ଜାଗାକୁ ଅବରୋଧ କରି ରଖିଥିବା ବିଶେଷ କରି ରାସ୍ତା ପାଖରେ ଥିବା ନାଳକୁ ଜବର ଦଖଲ କରି ଦୋକାନ ଗୃହ ନିର୍ମାଣ କରିଥିବା ଏବଂ ବେଆଇନ ଚିଙ୍ଗୁଡ଼ିଘେରୀ କରି ବର୍ଷାପାଣି ପ୍ରବାହରେ ବାଧା ଉତ୍ପନ୍ନ କରୁଥିବା ଲୋକଙ୍କ ବିରୁଦ୍ଧରେ ଦୃଢ଼ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ଜିଲ୍ଲାପାଳଙ୍କୁ କହିବା ପରେ ଜିଲ୍ଲାପାଳ ତୁରନ୍ତ ଏ ସବୁର ସମାଧାନ କରିବେ ବୋଲି କହିବା ସହିତ ତାଙ୍କର ହ୍ୱାଟ୍‌ସଅପରେ ଫଟୋ ଉଠାଇ ପଠାଇବା ପାଇଁ ଅନୁରୋଧ କରିଥିଲେ। ଏହି ପ୍ରତିନିଧି ମଣ୍ଡଳୀରେ ଜିଲ୍ଲା ସଭାପତି ଉମାକାନ୍ତ ମହାପାତ୍ର, ପୂର୍ବତନ ବିଧାୟକ ଜୀବନ ପ୍ରଦୀପ ଦାସ, ରାଜ୍ୟ କାର୍ଯ୍ୟକାରିଣୀ ସଭ୍ୟ ଶୁଭଙ୍କର ମହାପାତ୍ର, ଜୋନାଲ ମିଡ଼ିଆ ସଂଯୋଜକ ପ୍ରମୁଖ ଉପସ୍ଥିତ ରହିଥିଲେ ବୋଲି ଜିଲ୍ଲା ଗଣମାଧ୍ୟମ ସଂଯୋଜକ ଶ୍ରୀନିବାସ ପ୍ରଧାନ ଏକ ପ୍ରେସ ବିବୃତିରେ ଲିଖିତ ଭାବେ ଜଣାଇଛନ୍ତି।

## ଚଲାପଥର ସୁବର୍ଣ୍ଣ ଜୟନ୍ତୀ ଅବସରରେ କବି ସମ୍ମିଳନୀ



ଭୁବନେଶ୍ୱର (ପିଏନ୍): ଓଡ଼ିଶାର ପୁରାତନ ସାହିତ୍ୟ ଅନୁଷ୍ଠାନ ଚଲାପଥର ସୁବର୍ଣ୍ଣ ଜୟନ୍ତୀ ଅବସରରେ ଚଲାପଥର ପ୍ରତିଷ୍ଠାତା ସମ୍ପାଦକ ହଳଧର ଧୀରଙ୍କ ଆବାହକତ୍ୱରେ ଏକ କବି ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଅତିଥି କବି ଭାବେ ବରିଷ୍ଠ ପ୍ରକାଶକ ତଥା କବି ଯୋଗେନ୍ଦ୍ର କୁମାର ନାୟକ, କବି ଭୂବନ ମୋହନ ମହାନ୍ତି, ତରୁଣବାଳା ମହାପାତ୍ର, ଗୀତାଞ୍ଜଳୀ ମହାନ୍ତିଙ୍କ ସଂଯୋଜନାରେ ଅନୁଷ୍ଠିତ ଏହି ମନୋଜ୍ଞ କବିତା ପାଠୋତ୍ସବରେ କବି ମଧୁସ୍ମିତା ସାହୁ, ସୁଷମା ଲେଙ୍କା, ସୌଦାମିନୀ ସାମନ୍ତରାୟ, ସହିଂସ୍ତା ମହାନ୍ତି, ତରୁଣବାଳା ମହାପାତ୍ର, ମନୋରମା ମିଶ୍ର, ଦୀପାଳୀ ଦେବସ୍ମିତା, ପୁର୍ଣ୍ଣଚନ୍ଦ୍ର ପଟ୍ଟନାୟକ, କବି ପ୍ରତ୍ୟୁଷ କୁମାର ଭଞ୍ଜ, ରଜନୀକାନ୍ତ ପଟ୍ଟନାୟକ, ମନୋଜ କୁମାର ଜେନା, କସ୍ତୁରୀ ଚରଣ ନାୟକ, ବିଜୟ କୁମାର ବହଲି, ଇଂ ଲଡୁକିଶୋର ପଢିଆରି, ମାନଗୋବିନ୍ଦ ବାରିକ, ଶଶାଙ୍କ ଶେଖର ମିଶ୍ର ପ୍ରମୁଖ ଶତାଧିକ କବି ସେମାନଙ୍କର ସ୍ୱରଚିତ କବିତା ଆବୃତି କରିଥିଲେ।

## ଡେକୋରେଟର ସୌମେନ୍ଦୁ ମହାପାତ୍ରଙ୍କ ସ୍ମୃତି ସଭା

ପାରାଦୀପ (ପିଏନ୍)- ପାରାଦୀପର ମହାପାତ୍ର ଡେକୋରେଟର ପ୍ରତିଷ୍ଠାତା ସୌମେନ୍ଦୁ ମହାପାତ୍ର (ପୁପୁ)ଙ୍କ ଅକାଳ ବିୟୋଗରେ ଏକ ସ୍ମୃତି ସଭା ରବିବାର ସନ୍ଧ୍ୟାରେ ଆୟୋଜିତ ହୋଇଯାଇଛି। ପାରାଦୀପ ଡେକୋରେଟର ସଂଘ ପକ୍ଷରୁ ପାରାଦୀପ ବଡପଡିଆସ୍ଥିତ ଶାରଳା ମନ୍ଦିର ପରିସରରେ ଏହି ସ୍ମୃତିଚାରଣ ଆୟୋଜିତ ହୋଇଥିଲା। ପାରାଦୀପରେ ଦୀର୍ଘ ତିନି ଦଶନ୍ଧି ଧରି ଡେକୋରେଟର ଭାବେ ସେ ନିଜର ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିପାରିଥିଲେ। ପୁପୁ ମହପାତ୍ର ଭାବେ ସେ ସମସ୍ତ ପାରାଦୀପବାସୀଙ୍କ ନିକଟରେ ପରିଚିତ ଥିଲେ। ପାରାଦୀପ ବନ୍ଦରାଂଚଳ ସମେତ ବିଭିନ୍ନ ଶିଳ୍ପସଂସ୍ଥାମାନଙ୍କରେ ସେ ଦକ୍ଷତାର ସହିତ ଡେକୋରେଟର ଭାବେ ସବୁବର୍ଗର ଲୋକମାନଙ୍କ ପାଖରେ ପ୍ରିୟପତ୍ର ଥିଲେ। ତାଙ୍କର ଏହି ଅକାଳ ବିୟୋଗ ପାରାଦୀପର ସବୁବର୍ଗର ଲୋକମାନଙ୍କ ମନରେ ଗଭୀର ଶୋକର ଛାୟା ଖେଳାଇ ଦେଇଥିଲା। ରବିବାର ଦିନ ତାଙ୍କ ବିୟୋଗରେ ଆୟୋଜିତ ସ୍ମୃତି ସଭାରେ ଅରୁଣ କୁମାର ଲେଙ୍କା, ମନୋଜ କୁମାର ସ୍ୱାଇଁ, କୈଳାସ ମଲ୍ଲିକ, ସୁବାସ ରାଉତ, ଶୁକଦେବ ରଣା, ଶିବ ପ୍ରସାଦ ବାରିକ, ଚନ୍ଦନ କୁମାର ହାତୀ, ଚନ୍ଦନ କୁମାର ପାଣି, ପ୍ରଦୀପ କୁମାର ସ୍ୱାଇଁ, ଧର୍ମାନନ୍ଦ ମଲ୍ଲ, କାରୁଣ୍ୟ କୁମାର ଲେଙ୍କା ପ୍ରମୁଖ ଯୋଗ ଦେଇ ସ୍ୱର୍ଗତ ଆତ୍ମାର ସଦ୍‌ଗତି କାମନା କରିଥିଲେ।

### ଧର୍ମଶାଳା ତହସିଲ ପକ୍ଷରୁ ପଟ୍ଟା ବଂଟନ

ଧର୍ମଶାଳା (ପିଏନ): ଧର୍ମଶାଳା ତହସିଲ କାର୍ଯ୍ୟାଳୟ ପକ୍ଷରୁ ୨୨ ଜଣ ଭୂମିହୀନଙ୍କୁ ପଟ୍ଟା ବଂଟନ କରାଯାଇଛି। ଧର୍ମଶାଳାସ୍ଥିତ କାର୍ଯ୍ୟାଳୟ ପରିସରରେ ତହସିଲଦାର ସ୍ୱାଗତ ଦାସଙ୍କ ଅଧ୍ୟକ୍ଷତାରେ ଅୟୋଜିତ ପଟ୍ଟା ବଂଟନ କାର୍ଯ୍ୟକ୍ରମରେ ବିଧାୟକ ପ୍ରଣବ କୁମାର ବଳବନ୍ତରାୟ ମୁଖ୍ୟଅତିଥି ଭାବେ ଯୋଗଦେଇ ନାକପୋଲ ସର୍କଲର ୧୨ ଜଣ, ବାଙ୍କସାହି ସର୍କଲର ୮ ଜଣ, ବଡକାଏମା ଓ ଶ୍ରୀନଗରର ଜଣେ ଲେଖାଏଁ ଭୂମିହୀନଙ୍କୁ ପଟ୍ଟା ବଂଟନ କରିଥିଲେ। ସମ୍ପୃକ୍ତ ସର୍କଲର ଆରଆଇ ଉପସ୍ଥିତ ହିତାଧିକାରୀ ଚିହ୍ନଟରେ ସହଯୋଗ କରିଥିଲେ। ଅତିରିକ୍ତ ତହସିଲଦାର ଦେବୀପ୍ରସନ୍ନ ମହାନ୍ତି ସୂଚନା ପ୍ରଦାନ କରିଥିଲେ।

# ଆଦିବାସୀଙ୍କ ଉନ୍ନତି ପାଇଁ କଂଗ୍ରେସ ଅନେକ କିଛି କରିଛି

ରାଉରକେଲା (ପିଏନ୍): ଆଦିବାସୀଙ୍କ ଉନ୍ନତି ପାଇଁ କଂଗ୍ରେସ ସରକାର ସମୟରେ ଅନେକ କିଛି ପଦକ୍ଷେପ ଗ୍ରହଣ କରାଯାଇଛି। ଶିକ୍ଷା, ନିଯୁକ୍ତି, ରାଜନୀତି ଇତ୍ୟାଦି କ୍ଷେତ୍ରରେ ସଂରକ୍ଷଣ ବ୍ୟବସ୍ଥା କରାଯାଇ ସମାଜର ମୁଖ୍ୟ ସ୍ରୋତରେ ସାମିଲ୍ ହେବାର ସୁଯୋଗ ସୃଷ୍ଟି କରାଯାଇଛି। ତେଣୁ ଆଜି ରାଜ୍ୟରେ ବିଜେଡିର ୨୨ ବର୍ଷର ଶାସନ ଓ କେନ୍ଦ୍ରରେ ବିଜେପିର ୮ ବର୍ଷର ଶାସନ ପରେ ବି ଆଦିବାସୀ ସମ୍ପ୍ରଦାୟର କଂଗ୍ରେସ ପ୍ରତି ସମର୍ଥନ ଓ ପ୍ରତିଷ୍ଠା ଜାରି ରହିଛି ବୋଲି ଆଦିବାସୀ କଂଗ୍ରେସର ରାଜ୍ୟ ଅଧକ୍ଷ ତଥା ପୂର୍ବତନ ବିଧାୟକ ଭୂଜବଳ ମାଝି ରାଉରକେଲା ଠାରେ ପ୍ରକାଶ କରିଛନ୍ତି। ଶ୍ରୀ ମାଝି ତାଙ୍କ ରାଉରକେଲା ଗସ୍ତ ଅବସରରେ କଂଗ୍ରେସ ଭବନଠାରେ ଜିଲ୍ଲା କଂଗ୍ରେସର ଆଦିବାସୀ ବିଭାଗ ତରଫରୁ ଅନୁଷ୍ଠିତ ସଭାରେ ସଙ୍ଗଠନର ସଦସ୍ୟମାନଙ୍କୁ ସମ୍ବୋଧିତ କରି ନିଷ୍ଠାର ସହିତ ଅଧିକ ବ୍ୟାପକ ଭାବେ ସାଧାରଣ ଆଦିବାସୀଙ୍କ ସହିତ ସମ୍ପର୍କକୁ ମଜବୁତ କରିବାକୁ କର୍ମକର୍ତ୍ତାମାନଙ୍କୁ ପରାମର୍ଶ ଦେଇଥିଲେ। ଆଦିବାସୀଙ୍କ ସ୍ୱାର୍ଥବିରୋଧୀ ବର୍ତ୍ତମାନର ବିଜେଡି ଓ ବିଜେପି ସରକାର ଆଦିବାସୀଙ୍କୁ ବିଭ୍ରାନ୍ତ କରି କଂଗ୍ରେସଠାରୁ ଦୂରେଇ ରଖିବାକୁ ଚେଷ୍ଟା କରୁଛନ୍ତି ବୋଲି ଶ୍ରୀ ମାଝି ପ୍ରକାଶ କରି ସମସ୍ତ କର୍ମକର୍ତ୍ତା ଏଥିପ୍ରତି ସଚେତନ ରହିବାକୁ କହିଥିଲେ। ଖୁବ୍‌ଶୀଘ୍ର ଜିଲ୍ଲା କଂଗ୍ରେସର ଆଦିବାସୀ ବିଭାଗକୁ ପୁନର୍ଗଠନ କରାଯିବ ବୋଲି ଶ୍ରୀ ମାଝି ପ୍ରକାଶ କରି ଦକ୍ଷ ଓ କର୍ମଠ କର୍ମୀମାନଙ୍କୁ ପୁନର୍ଗଠିତ କମିଟିରେ ସ୍ଥାନ ଦିଆଯିବ ବୋଲି ପ୍ରକାଶ କରିଥିଲେ। ଜିଲ୍ଲା କଂଗ୍ରେସର ଅନ୍ତରୀଣ ସଭାପତି ଦେବବ୍ରତ ବିହାରୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ସଭାରେ ପୂର୍ବତନ ସଭାପତି ବିରେନ ସେନାପତି, ପ୍ରାକ୍ତନ ବିଧାୟକ ପ୍ରାର୍ଥୀ ପ୍ରଶାନ୍ତ ସେଠୀ, ପିସିସି ସଭ୍ୟ ରାମାନନ୍ଦ ଶ୍ରୀଚନ୍ଦନ, ପୂର୍ବତନ ଜିଲ୍ଲା ପରିଷଦ ସଭ୍ୟ ସୁଶୀଲ କିଣ୍ଡୋ, ମହିଳା ସଭାନେତ୍ରୀ ନିରୂପମା ବଳିୟାରସିଂ, ଆଦିବାସୀ କଂଗ୍ରେସର ପୂର୍ବତନ ଅଧକ୍ଷ ରାଜେଶ ଟପ୍ପୋ, ରାଜ୍ୟ ମହିଳା କଂଗ୍ରେସ ସମ୍ପାଦିକା ଫିଲିସିତା ଚେରୁଆ, ଜିଲ୍ଲା କଂଗ୍ରେସ ସମ୍ପାଦିକା ସୁନୀତା ଲାକ୍ରା, କାର୍ଯ୍ୟନିର୍ବାହୀ ସଦସ୍ୟ ଭାସ୍କର ଖିଲ୍ଲାର ପ୍ରମୁଖ ବକ୍ତବ୍ୟ ରଖି ସୁନ୍ଦରଗଡ ଜିଲ୍ଲାକୁ ପୁନଶ୍ଚ କଂଗ୍ରେସର ଗଡରେ ପରିଣତ କରିବା ପାଇଁ ଆହ୍ୱାନ ଦେଇ ଏହା ଜିଲ୍ଲାର ଆଦିବାସୀ ଭାଇ ଓ ଭଉଣୀମାନେ ଚାହିଁଲେ ନିଶ୍ଚିତ ହୋଇପାରିବ ବୋଲି କହିଥିଲେ। ପ୍ରାରମ୍ଭରେ ଜିଲ୍ଲା କଂଗ୍ରେସ ଆଦିବାସୀ ବିଭାଗ ତରଫରୁ ଶ୍ରୀ ମାଝିଙ୍କୁ ଆଦିବାସୀ ପରମ୍ପରା ଅନୁଯାୟୀ ମହିଳା କଂଗ୍ରେସର ରାଜ୍ୟ ସମ୍ପାଦିକା କଲ୍ୟାଣୀ ପୂର୍ତ୍ତି, ଜିଲ୍ଲା କଂଗ୍ରେସ ସାଧାରଣ ସମ୍ପାଦିକା ତୁଳସୀ ନାଗ, ଝୁନୁ ପଟ୍ଟନାୟକ ଓ ରୁକସାନା ବେଗମ ପ୍ରମୁଖ ପୁଷ୍ପଗୁଚ୍ଛ ଓ ଉତ୍ତରୀୟ ଦେଇ ସମ୍ବର୍ଦ୍ଧିତ କରିଥିଲେ। ଉପସଭାପତି ଉମେଶ ଶରଣ ଧନ୍ୟବାଦ ଦେଇଥିବା ବେଳେ ଅନ୍ୟମାନଙ୍କ ମଧ୍ୟରେ ଡେଭିଡ ପ୍ରଧାନ, ଅନୁପ ଖେଡିଆ, ଲୋକନାଥ ଭୂମିଜ, ଇଂ. ଶିବୁ ଓରାମ, ଧନଂଜୟ ମୁଣ୍ଡା, ମୁଖପାତ୍ର କୈଳାସ ସାହୁ, ଦିଲ୍ଲୀପ ଜେନା, ନିର୍ମଳା ସେକ୍, ଅଜୟ ଖାଲକୋ, ଅମୀତ ତିର୍କୀ, ସେବାଦଳର ବୁଲୁ ଦାସ, ରେହେମାନ ଖାନ, ବିଶ୍ୱଜିତ ସାହୁ, ରାଜୁ ପ୍ରସାଦ, ସେକ୍ ସମୀର ପ୍ରମୁଖଙ୍କ ସମେତ ବହୁ କଂଗ୍ରେସ କର୍ମୀ ଏହି କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିଥିଲେ ବୋଲି ଦଳ ତରଫରୁ ଏକ ପ୍ରେସ୍ ବିବୃତିରେ କୁହାଯାଇଛି।

## ଜିଲ୍ଲାସ୍ତରୀୟ କ୍ରୀଡା ଦିବସ ପାଳିତ

ଖୋର୍ଦ୍ଧା (ପିଏନ)-ଜାତୀୟ କ୍ରୀଡା ଦିବସ ଅବସରରେ ହକି ଖେଳର କିମ୍ବଦନ୍ତୀ ମେଜର ଧ୍ୟାନଚାନ୍ଦଙ୍କ ଜନ୍ମ ବାର୍ଷିକୀ ସ୍ମୃତିକୁ ଉଜ୍ଜିବୀତ କରିବା ପାଇଁ ଏହି ଦିବସଟିକୁ ପାଳନ କରାଯାଇଛି। ଏ ନେଇ ଜିଲ୍ଲା ଶିକ୍ଷାଧିକାରୀ ବିଶ୍ୱନାଥ ତରାଇ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରେ ପତାକା ଦେଖାଇ ଶୁଭାରମ୍ଭ କରିବା ପରେ ଏକ ସଚେତନତା ଶୋଭାଯାତ୍ରା ବାହାରି ସହର ପରିକ୍ରମା କରାଯାଇଥିଲା। ଏହି ଶୋଭାଯାତ୍ରାରେ ବିଭିନ୍ନ ବିଦ୍ୟାଳୟର ଛାତ୍ରଛାତ୍ରୀ ଓ ଶିକ୍ଷକ/ଶିକ୍ଷୟିତ୍ରୀ ପ୍ରମୁଖ ସାମିଲ ହୋଇଥିବା ବେଳେ ପ୍ରାରମ୍ଭରେ ଏକ ସଭା ସହ ଆଲୋଚନା ଚକ୍ର ଅନୁଷ୍ଠିତ ହୋଇଥିଲା। କ୍ରୀଡା ହେଉଛି ଜୀବନରେ ନିହାତି ଆବଶ୍ୟକତା ରହିଥିବା ବେଳେ ଚିତ ବିନୋଦନ ସହ ସୁସ୍ଥ ଜୀବନଯାପନ ନିମନ୍ତେ ଏକ ମହୌଷଧି ଭଳି କାର୍ଯ୍ୟ କରିଥାଏ। ଲକ୍ଷ୍ୟ ହାସଲ ହେଉଛି ହେଉଛି କ୍ରୀଡାର ମୌଳିକତା ଓ ଏହାକୁ ପାଥେୟ କରି ଜୀବନରେ ଅନେକ ଶିକ୍ଷଣୀୟ କଥା ଅନୁଭବ କରାଯାଇପାରେ। ଅନେକ ଭଲ ଛାତ୍ର ପାଠପଢା ବ୍ୟତୀତ କ୍ରୀଡାରେ ନିଜର କ୍ୟାରିୟର ଗଠନ କରିବାକୁ ଆଗ୍ରହୀ ହେବା ଅନେକ ଉଜ୍ଜ୍ୱଳ ଉଦାହରଣ ରହିଛି। ସେହିଭଳି କ୍ରୀଡା କ୍ଷେତ୍ରରେ ଉଭୟ ପୁରୁଷ ଓ ମହିଳାଙ୍କ ସମେତ ଦିବ୍ୟାଙ୍ଗ ମାନଙ୍କ ପାଇଁ ସମାନ ସୁଯୋଗ ରହିଛି। ପୂର୍ବାପେକ୍ଷା ବିଭିନ୍ନ କ୍ରୀଡାର ପରିସର ବ୍ୟାପକ ହେଉଥିବା ଦୃଷ୍ଟିରୁ ପେଶାଦାର ମାନଙ୍କ ପାଇଁ ମଧ୍ୟ ସମ୍ମାନର ସହ ରୋଜଗାର ଦେବାର ଏକ ମାଧ୍ୟମ ପାଲଟିଛି। ବିଦ୍ୟାଳୟ ସ୍ତରରୁ କ୍ରୀଡା ଭିତିଭୂମିସୁଦୃଢ କରିବା ନିମନ୍ତେ ସରକାରଙ୍କ ପକ୍ଷରୁ ବିଭିନ୍ନ ପଦକ୍ଷେପ ଗ୍ରହଣ କରାଯାଇଛି। ଏହାକୁ ଉପଯୋଗ କରି ଜଣେ ସଫଳ କ୍ରୀଡାବିତ ହୋଇ ପାରିବ ବୋଲି ଅତିଥି ମାନେ ମତବ୍ୟକ୍ତ କରିଥିଲେ। ଏହି ଅବସରରେ ଜିଲ୍ଲା କ୍ରୀଡା ଅଧିକାରୀ ଅଜୟ କୁମାର ବେହେରା, ବ୍ଲକ ଶିକ୍ଷାଧିକାରୀ ସନ୍ଧ୍ୟାରାଣୀ ରାଉତ, ଜିଲ୍ଲା ଶାରିରୀକ କ୍ରୀଡା ନିରୀକ୍ଷକ ପଠାଣି ଆଗ୍ରାସିଂହ ଓ କ୍ରୀଡା ସମୀକ୍ଷକ ଆଶିଷ ରାୟ ପ୍ରମୁଖ ଅଂଶ ଗ୍ରହଣ କରିଥିଲେ।

## ଆରୁହାରେ ବେଆଇନ କଳାପଥର ଖାଦାନ ମାଫିଆଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପାଇଁ ଲୋକାୟୁକ୍ତଙ୍କ ନିର୍ଦ୍ଦେଶ

ଧର୍ମଶାଳା (ପିଏନ୍): ଧର୍ମଶାଳା ତହସିଲ ଅନ୍ତର୍ଗତ ଆରୁହା କଳାପଥର ଖାଦାନରେ ବେଆଇନ ଭାବେ କଳାପଥର ଉତୋଳନ କରିଥିବା ପ୍ରଭାକର ଜେନାଙ୍କ ଉପରେ ଲାଗୁ ହୋଇଥିବା ଜୋରିମାନା ଆଦାୟ କରିବାକୁ ପ୍ରଶାସନ ଟାଳଟୁଳ ନିତି ଅବଲମ୍ବନ କରିବା ନେଇ ଲୋକାୟୁକ୍ତଙ୍କ ନିକଟରେ ଅଭିଯୋଗ ହୋଇଥିଲା। ଲୋକାୟୁକ୍ତ ଏହାର ଶୁଣାଣୀ କରି ଯାଜପୁର ଜିଲ୍ଲାପାଳ ଓ ତହସିଲଦାରଙ୍କୁ ସେପଟେମ୍ବର ୨୭ ତାରିଖ ମଧ୍ୟରେ ହାଜିର ହୋଇ ଏହାର ଉତର ରଖିବାକୁ ନିର୍ଦ୍ଦେଶ ଦେଇଛନ୍ତି। ସୂଚନା ମୁତାବକ ଆରୁହା କଳପଥର ପାହାଡର ଖାତା ନଂ ୭୭୯ ଓ ପ୍ଲଟ ନଂ ୨୮୧୦ରେ ଆରୁହା ଗ୍ରାମର ପ୍ରଭାକର ଜେନା ନାମକ ବ୍ୟକ୍ତି ବେଆଇନ ଭାବେ ପଥର ଉତୋଳନ କରି ଅନ୍ୟତ୍ର ଚାଲାଣ କରିବା ସହ ସେଠାରେ ଥିବା ତାଙ୍କର କ୍ରସରରେ ଭଙ୍ଗା ଯାଇଥିବା ନେଇ ସ୍ଥାନୀୟ ଅଂଚଳର ମନୋରନ ଜେନା ଫେବୃଆରୀ ୨୦୧୯ ମସିହାରେ ଧର୍ମଶାଳା ତହସିଲଦାରଙ୍କ ନିକଟରେ ଅଭିଯୋଗ କରିବା ସହ ଜିଲ୍ଲାପାଳଙ୍କ ଦୃଷ୍ଟି ଆକର୍ଶଣ କରିଥିଲେ। ଏହାକୁ ନେଇ ଧର୍ମଶାଳା ତତକାଳିନ ତହସିଲଦାର ଏହାର ତଦନ୍ତ କରିବାକୁ ସ୍ଥାନୀୟ ଆରଆଇଙ୍କୁ ନିର୍ଦ୍ଦେଶ ଦେଇଥିଲେ। ତେବେ ତଦନ୍ତ ସମୟରେ ସେଠାରେ ବେଆଇନ ଖାଦାନ ଚାଲିଥିବା ବେଳେ ବହୁପରିମାଣର କଳାପଥର ଉତୋଳନ ହୋଇଥିବା ନେଇ ଆରଆଇ ତହସିଲଦାରଙ୍କୁ ରିପୋର୍ଟ କରିଥିଲେ। ଏହାକୁ ଭିତିକରି ତହସିଲଦାର ଥାନାରେ ଅଭିଯୋଗ କରିବା ପରେ ପୁଲିସ ପ୍ରଭାକର ଜେନାଙ୍କୁ ଗିରଫ କରି କୋର୍ଟ ଚାଲାଣ କରିବା ସହିତ ତାଙ୍କ କ୍ରସରକୁ ସିଲ୍ କରିଥିଲା। ତଦନ୍ତ ସମୟରେ ସେଠାରୁ କେତେ ପରିମାଣର କଳାପଥର ଉତୋଳନ ହୋଇଛି ତାହାର ଏକ ରିପୋର୍ଟ ପ୍ରସ୍ତୁତ କରିବାକୁ ତହସିଲଦାର ନିର୍ଦ୍ଦେଶ ଦେଇଥିଲେ। ସମ୍ପୃକ୍ତ ଅଂଚଳର ଆରଆଇ ଏବଂ ପୁଲିସ ମିଳିତ ଭାବେ ସେଠାରେ ତଦନ୍ତ କରି ୨ଲକ୍ଷ ସିଏମ କଳାପଥର ଚାଲାଣ ହୋଇଥିବା ମାପଚୁପରେ ଜଣାପଡିଥିଲା। ଯାହାର ମୂଲ୍ୟ ୨ କୋଟି ୬୦ ଲକ୍ଷ ଟଙ୍କା ଆକଳନ କରାଯାଇଥିଲା। ହେଲେ ଏହି ଘଟଣାକୁ ୨ ବର୍ଷ ବିତିଯାଇଥିଲେ ହେଁ ତହସିଲ ପକ୍ଷରୁ ସମ୍ପୃକ୍ତ ମାଫିଆଙ୍କଠାରୁ ଜୋରିମାନା ଆଦାୟ କରିବାରେ ବିଫଳ ହେବା ନେଇ ଅଭିଯୋଗକାରୀ ମନୋରଂଜନ ଜେନା ଲୋକାୟୁକ୍ତଙ୍କ ନିକଟରେ ଅଭିଯୋଗ କରିଥିଲେ। ଲୋକାୟୁକ୍ତ ୨୨୬/୨୨ରେ ଏକ ମାମଲା ରୁଜୁ କରିଥିଲେ। ଏହି ଘଟଣାର ବିଚାର କରି ଯାଜପୁର ଜିଲ୍ଲାପାଳ ଓ ଧର୍ମଶାଳା ତହସିଲଦାରଙ୍କୁ ଆସନ୍ତା ୨୭ ସେପ୍ଟେମ୍ବର ମଧ୍ୟରେ ହାଜିର ହୋଇ ଘଟଣା ଉପରେ ପ୍ରଶାସନ ପକ୍ଷରୁ କି ପଦକ୍ଷେପ ନିଆଯାଇଛି ତାହା ଲୋକାୟୁକ୍ତଙ୍କୁ ଜଣାଇବା ପାଇଁ ନିର୍ଦ୍ଦେଶ ଦିଆଯାଇଛି। ଏନେଇ ଧର୍ମଶାଳା ତହସିଲଦାର ସ୍ୱାଗତ ଦାସଙ୍କୁ ଯୋଗାଯୋଗ କରିବାରୁ ସେ କହିଲେ ଯେ ଲୁଟ ହୋଇଥିବା କଳାପଥରର ଆକଳନ କରାଯାଇଛି। ଲୋକାୟୁକ୍ତଙ୍କ ନିର୍ଦ୍ଦେଶ ଆସିଲେ ପ୍ରଭାକର ଜେନାଙ୍କ ଠାରୁ ଜରିମାନା ଆଦାୟ ହେବ।

## ଡ. ଭାଗବତ ପ୍ରସାଦ ଦାସଙ୍କ "ସାନ୍ତାଳୀ ଲୋକକଥା" ଲୋକାର୍ପିତ



ବାଲେଶ୍ୱର (ପିଏନ୍)- ବାଲେଶ୍ୱର ରେମୁଣାର ସାହିତ୍ୟିକ ଡ. ଭାଗବତ ପ୍ରସାଦ ଦାସଙ୍କ ଦଶମ ପୁସ୍ତକ 'ସାନ୍ତାଳୀ ଲୋକକଥା' ମହାବୀର ଆବାସିକ ଉଚ୍ଚ ବିଦ୍ୟାଳୟ ପରିସରରେ ଲୋକାର୍ପିତ ହୋଇଯାଇଛି। ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ମୋନାଲିସା ଦାସଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ସଭାରେ ମୁଖ୍ୟ ଅତିଥି ଗବେଷକ ହରେକୃଷ୍ଣ ଗିରି, ଆଲୋଚକ କବି ନିରଞ୍ଜନ ସାହୁ, ସମ୍ମାନୀୟ ଅତିଥି ନାଟ୍ୟକାର ପ୍ରଦୀପ କୁମାର ମିଶ୍ର, ନୟନ କୁମାର ପଣ୍ଡା, ରାଧା ଗୋବିନ୍ଦ ମାହାର୍ଣ୍ଣା, ସଞ୍ଜୟ କୁମାର ପ୍ରଧାନ ପ୍ରମୁଖ ଯୋଗ ଦେଇ ଡ. ଦାସଙ୍କ ସାରସ୍ୱତ କୃତିକୁ ଭୂୟସୀ ପ୍ରଶଂସା କରିଥିଲେ। ସମୀକ୍ଷକ ଶ୍ରୀଯୁକ୍ତ ସାହୁ ପୁସ୍ତକଟି ସମୀକ୍ଷା ସାନ୍ତାଳୀ ଜୀବନଚର୍ଯ୍ୟା, ସେମାନଙ୍କ ପର୍ବ ପର୍ବାଣୀ, ଭାଷା, ଲୋକ ଗୀତ, ଢ଼ଗ ଢ଼ମାଳୀ ତଥା ସାନ୍ତାଳୀ ଲୋକକଥା ସହଜ, ସରଳ ଓ ବୋଧଗମ୍ୟ ଭାଷାରେ ଏଥିରେ ସନ୍ନିବେଶିତ ବୋଲି ମତ ଦେଇଥିଲେ। ବିଦ୍ୟାଳୟର ଛାତ୍ରୀ ବୃନ୍ଦ ସ୍ୱାଗତ ସଂଗୀତ ଗାନ କରିଥିଲା ବେଳେ ପଣ୍ଡିତ ପୂର୍ଣ୍ଣଚନ୍ଦ୍ର ପଣ୍ଡା ମଙ୍ଗଳାଷ୍ଟକ ପାଠ କରିଥିଲେ। ଲେଖକ ଡ. ଦାସ ଲେଖକୀୟ ଅଭିମତ ପ୍ରକାଶ କରିଥିଲା ବେଳେ ଶିକ୍ଷକ ରାଧାରଞ୍ଜନ ଧନ୍ୟବାଦ ଅର୍ପଣ କରିଥିଲେ। ଅନ୍ୟମାନଙ୍କ ମଧରେ ଶିକ୍ଷକ ବରୁଣ କୁମାର ନାୟକ, ସତ୍ୟବ୍ରତ ବାଗ୍, ଶିକ୍ଷୟତ୍ରୀ ମୌସୁମୀ ବାରିକ, ଶୁଭସ୍ମିତା ପତି, ପୂର୍ଣ୍ଣିମା ପ୍ରଧାନ, ରଞ୍ଜିତା ସାନ୍ତରା, ମଧୁସ୍ମିତା ମହାଳିକ, ଲକି ବେହେରା, ଅର୍ପିତା ରାଉତ, ସ୍ୱପ୍ନା ମହାପାତ୍ର, ବାସନ୍ତୀ ପରିଡ଼ା, ସରୋଜ ପତି ପ୍ରମୁଖ ଉପସ୍ଥିତ ଥିଲେ।


## DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS/ASTROLOGERS/VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

Phragyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com

# ମୋ ସହର

## ରାଇରଙ୍ଗପୁର ଫ୍ରେଣ୍ଡସ୍ କର୍ଣ୍ଣର ସପିଂ ମଲରେ ଅଗ୍ନିକାଣ୍ଡ : ୨କୋଟିରୁ ଅଧିକ ମୂଲ୍ୟର ସମ୍ପତି ନଷ୍ଟ

ବାରିପଦା, (ପିଏନ)- ମୟୂରଭଞ୍ଜ ଜିଲ୍ଲା ରାଇରଙ୍ଗପୁର ପୌରପରିଷଦର ବଜାର ଗୋଲେଇ ଛକ ନିକଟରେ ଥିବା ଫ୍ରେଣ୍ଡସ୍ କର୍ଣ୍ଣର ସପିଂ ମଲରେ ଗତ ବୁଧବାର ରାତି ପ୍ରାୟ ୩ଟା ପାଖାପାଖି ଅଗ୍ନିକାଣ୍ଡ ଘଟିଥିଲା । ଖବର ପାଇ ବାମନଘାଟି ଉପଖଣ୍ଡସ୍ଥିତ ଏକ ଦମକଳ ଗାଡ଼ି ୪ଟା ପାଖାପାଖି ପହଁଚି ନିଆଁକୁ ଆୟତ କରିବାକୁ ଉଦ୍ୟମ ଚଳାଇଥିବା ସମୟରେ ଗାଡ଼ିରେ ପାଣି ଶେଷ ହୋଇଯାଇଥିଲା । ଏହାପରେ ଅନ୍ୟ ଗାଡ଼ିଗୁଡ଼ିକ ପହଁଚିବା ନିମନ୍ତେ ପ୍ରାୟ ଏକ ଘଂଟାରୁ ଅଧିକ ବିଳମ୍ବ କରିଦେଇଥିବାରୁ ନିଆଁ ସମସ୍ତ ଚାରିଆଡ଼େ ମାଡ଼ି ଯାଇଥିଲା । ପରବର୍ତି ସମୟରେ ପ୍ରାୟ ୯ରୁ ଅଧିକ ଦମକଳ ଗାଡ଼ି ଘଟଣାସ୍ଥଳରେ ପହଁଚି ନିଆଁକୁ ଆୟତ କରିବା ନିମନ୍ତେ ଆପ୍ରାଣ ଉଦ୍ୟମ ଚଳାଇଥିଲେ । ପ୍ରାୟ ୫ ଘଂଟାରୁ ଅଧିକ ସମୟ ଧରି ଅଗ୍ନିଶମ ବିଭାଗର କର୍ମଚାରୀମାନଙ୍କ ମିଳିତ ଉଦ୍ୟମ ପରେ ନିଆଁକୁ ଆୟତ କରାଯାଇ ପାରିଥିଲା । ସପିଂ ମଲରେ ଥିବା ଫ୍ରେଣ୍ଡସ୍ କର୍ଣ୍ଣର, ଫ୍ରେଣ୍ଡସ୍ ଏମ୍ପୋରିଆଲ, ଫ୍ରେଣ୍ଡସ୍ ଡ଼ିପାଟମେଂଟାଲ, ଫ୍ରେଣ୍ଡସ୍ ୟୁଟିଲିଟି ଓ ଫ୍ରେଣ୍ଡସ୍ ଗାର୍ମେଂଟ ଆଦି ୫-ଟି ବ୍ୟବସାୟ ପ୍ରତିଷ୍ଠାନରେ ଥିବା ଷ୍ଟେସନାରୀ ଓ ଗିଫ୍ଟ ସାମଗ୍ରୀ, କପଡ଼ା, ଇଲେକ୍ଟ୍ରୋନିକ୍ସ ସାମଗ୍ରୀ, ଫ୍ରିଜ୍, ଟିଭି, ମୋବାଇଲ ଆଦି ସମସ୍ତ ଜିନିଷପତ୍ର ସହ ଆସବାବପତ୍ର ପୋଡ଼ି ସମ୍ପୂର୍ଣ୍ଣ ନଷ୍ଟ ହେବା ସହିତ ସପିଂ ମଲ୍ କୋଠାଟି ପୋଡ଼ି ଯାଇଥିଲା । ଫଳରେ ମଲରେ ଥିବା ରତନ ରାମ, ମନୋହର ରାମ, ଉମେଶ ରାମ, ଅଜୟ ରାମ ଓ ରିତେଶ ରାମ ପ୍ରମୁଖ ବ୍ୟବସାୟୀମାନଙ୍କର ପ୍ରାୟ ୨ କୋଟିରୁ ଅଧିକ ମୂଲ୍ୟର ଜିନିଷପତ୍ର ଓ ଆସବାବପତ୍ରଗୁଡ଼ିକ ଆଖି ସମ୍ମୁଖରେ ପୋଡ଼ି ପାଉଁଶ ପାଲଟି ଯାଇଥିଲା ।

## ବାଂଶପାଣି ରେଲସାଇଡିଂରେ ୨ ଗୋଷ୍ଠୀ ସଂଘର୍ଷ ଘଟଣାରେ ମାଷ୍ଟର ମାଇଣ୍ଡ ଫେରାର ଡାମେଜ କଣ୍ଟ୍ରୋଲ ପାଇଁ କଲେଜ ର ଭଣଜାକୁ ଗିରଫ କଲା ପୋଲିସ

ଯୋଡ଼ା(ପିଏନ)-କେନ୍ଦୁଝର ଜିଲ୍ଲା ଯୋଡା ଥାନା ଅନ୍ତର୍ଗତ ବାଂଶପାଣି ରେଳ ସାଇଡିଂ ଠାରେ ଗତ ସେପ୍ଟେମ୍ବର ମାସ ୧୨ ତାରିଖ ଦିନ ଲୁହା ପଥର ପରିବହନକୁ ନେଇ ଘଟିଯାଇଥିବା ଗୋଷ୍ଠୀ ସଂଘର୍ଷ ଘଟଣାରେ ଅଭିଯୁକ୍ତଙ୍କୁ ଆମିର ହୁସେନକୁ (୩୦) ଯୋଡା ଥାନା ପୋଲିସ ସୋମବାର ମଧ୍ୟ ରାତ୍ରୀରେ ଗିରଫ କରି କେଶ ନଂ ୧୩୦/ ୨୦୨୦ ଦଫା ୧୪୭/୧୪୮/ ୪୫୨/୩୨୩/୩୨୫/୪୩୬/ ୪୨୭/୩୦୭/୫୦୬/୧୪୭ ଆଇପିସି ଧାରରେ ମାମଲା ରଜୁ କରି ମଙ୍ଗଳବାର କୋର୍ଟ ଚାଲାଣ କରିଥିବା ଖବର ହସ୍ତଗତ ହୋଇଛି । ସ୍ଥାନୀୟ ଅଧିବାସୀଙ୍କ ଠାରୁ ପ୍ରକାଶ ଯେ ଆମିର ହୁସେନର ମାମୁଁ ଏମଡି ଫିରୋଜ ଅହମ୍ମଦ ଓରଫ କଲେଜ ସିଧାସଳଖ ଭାବେ ଏହି ଘଟଣାରେ ଗଣ୍ଡଗୋଳ ଏବଂ ଆକ୍ରମଣ ଘଟଣାରେ ସମ୍ପୃକ୍ତ ଥିଲେ ମଧ୍ୟ ଯୋଡା ଥାନା ପୋଲିସ କଲେଜଙ୍କ ଉପରେ ଅହେତୁକ ଅନୁକମ୍ପା ଦେଖାଉଥିବା ମନେ ହୁଏ । ଏକଦା ତ କାଳୀନ ବଡବିଲ ଏସଡିପିଓ ରାଜେଶ ପଣ୍ଡିତଙ୍କର ଅତ୍ୟନ୍ତ ଅନୁମତ ଭାବେ ପ୍ରଚାର କରି ନିଜ ଇଛା ମୁତାବକ ବିଭିନ୍ନ ଖଣି ସଂସ୍ଥାରୁ କାର୍ଯ୍ୟ ନେବା ଏବଂ ସ୍ଥାନୀୟ ଅ ଳର ଜନସାଧାରଣ ନାମରେ ପୋଲିସକୁ ମିଥ୍ୟା ତଥ୍ୟ ଯୋଗାଇ ପୋଲିସର ଇନ୍‌ଫର୍ମ ସାଜି କଲେଜ କୋଟି କୋଟି ଟଙ୍କା ମୁନଫା କରିଥିବା ସାଧାରଣରେ ଚର୍ଚ୍ଚା ହୁଏ । ପିଲେଟ ଚୋରି ଠାରୁ ଆରମ୍ଭ କରି ବାଂଶପାଣି ୟୁନାଇଟେଡ୍ କ୍ରସର ଘଟଣାରେ ଗିରଫ କରାଇବା ସହିତ ମୁକେଶ ସିଂଙ୍ଗାନିଆ ଙ୍କୁ ଗିରଫ ଘଟଣାକୁ ଅନୁଧ୍ୟାନ କଲେ ଜଣାଯାଏ ଯେ କଲେଜ ନିଜ ସ୍ୱାର୍ଥ ସାଧାରଣ ନିମନ୍ତେ ପୋଲିସକୁ ହାତ ବାରିସ କରି ବ୍ୟବହାର କରୁଥିଲା । ପୋଲିସର ଧମକ ଚମକ ଦେଇ କାମ ହାତଇବା ସହିତ ଯେ କେହିବି ତାଙ୍କ ସ୍ୱାର୍ଥରେ ବାଧା ସୃଷ୍ଟି କରୁଥିଲେ ତାଙ୍କୁ ଜେଣେ ତେଣେ ପ୍ରକାରଣେ ପୋଲିସ ସହାୟତା ନେଇ ଗିରଫ କରାଇ ଯୋଡା ଅ ଳରେ ଭୟର ବା ାବରଣ ସୃଷ୍ଟି କରୁଥିଲେ । ଘଟଣା ଦିନ ବାଂଶପାଣି ସାଇଡିଂରେ ବିବାଦର ସୂତ୍ରପାତ୍ର ଏବଂ ଆକ୍ରମଣର ମାଷ୍ଟର ମାଇଣ୍ଡ କଲେଜ ଥିବା ନେଇ ଫିରୋଜ ମହମ୍ମଦ ଓରଫ କଲେଜ ଥିବା ନେଇ ଯଥେଷ୍ଟ ପ୍ରମାଣ ମିଳୁଥିଲେ ମଧ୍ୟ ଯୋଡା ଥାନା ପୋଲିସ ଏଜାବତ କଲେଜକୁ କାହିଁକି ଗିରଫ କରିନାହିଁ ତାକୁ ନେଇ ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହେଉଛି । କଲେଜ ର ଭଣଜା କୁ ଗିରଫ କରିଥିବା ବେଳେ ମାଷ୍ଟର ମାଇଣ୍ଡ କଲେଜ ଫେରାର ଥିବା ପୋଲିସର ସ୍ୱଚ୍ଛତା ଉପରେ ଆଙ୍ଗୁଳି ନିର୍ଦ୍ଦେଶ କରୁଛି । କଲେଜ ଭଳି ଜଣେ ସାଧାରଣ ଲୋକ ଏତେ ଶିଘ୍ର ପୋଲିସର ଆସ୍ଥାଭାଜନ କିପରି ହୋଇପାରିଲା ଏବଂ ଏଜାବତ ତାର କାର୍ଯ୍ୟକଳାପ ପୋଲିସ ରାଡାରକୁ ନଆସିବା ଘଟଣା ସମସ୍ତଙ୍କୁ ଚକିତ କରିଛି । କଲେଜ ଉପରେ ବାରମ୍ବାର ଆଙ୍ଗୁଳି ନିର୍ଦ୍ଦେଶ ହେଉଥିଲେ ମଧ୍ୟ ପୋଲିସ କେଉଁ ସ୍ୱାର୍ଥକୁ ଆଖି ଆଗରେ ରଖି ତାକୁ ଗିରଫ କରୁନଥିବା ବେଳେ ତାଙ୍କ ଭଣଜା ଆମରି ହୁସେନ ପୂର୍ବରୁ ବାଂଶପାଣି ରେଳ ସାଇଡିଂରେ ଆଇରନ ପିଲେଟ ଚୋରି ଘଟଣାରେ ଜେଲ ଯାଇଥିବା ଜଣାପଡିଛି । ଏହି ଘଟଣାରେ କେନ୍ଦୁଝର ଜିଲ୍ଲା ଏସପି ହସ୍ତକ୍ଷେପ କରିବାକୁ ସାଧାରଣରେ ଦାବି ହେଉଛି ।

## ଜନଶକ୍ତି ପାର୍ଟି ପକ୍ଷରୁ ରାଜ୍ୟପାଳଙ୍କ ଉଦ୍ଦେଶ୍ୟରେ ସ୍ମାରକ ପତ୍ର

କେନ୍ଦ୍ରାପଡା (ପିଏନ)- ଜନଶକ୍ତି ପାର୍ଟି ପକ୍ଷରୁ କରୋନା ମହାମାରୀ ସମୟରେ ରାଜ୍ୟରେ ସ୍ୱାସ୍ଥ୍ୟସେବା ବିପର୍ଯ୍ୟସ୍ତ ହୋଇ ପଡିଥିବା ଅଭିଯୋଗ କରାଯାଇଛି । ଉଦାହରଣ ସ୍ୱରୁପ କେନ୍ଦ୍ରାପଡା ସରକାରୀ ଡାକ୍ତରଖାନାରେ ୬୨ ଟି ଡାକ୍ତର ପଦବୀ ମଧ୍ୟରୁ ମାତ୍ର ୨୩ ଜଣ ଡାକ୍ତର ଅଛନ୍ତି । ଅନେକ ସମୟରେ ଡାକ୍ତରମାନେ ବେସରକାରୀ ଭାବେ ଚିକିତ୍ସା କରୁଥିବାରୁ ଗରିବ ଅସହାୟ ଲୋକ ମାନଙ୍କୁ ପ୍ରକୃତ ଚିକିତ୍ସା କରାନଯାଇ କଟକ ବଡ ଡାକ୍ତରଖାନାକୁ ପଠାଇ ଦିଆଯାଉଛି । ଗରିବ ଲୋକଟି ଆମ୍ବୁଲାନସ ସୁବିଧାରୁ ମଧ୍ୟ ବଂଚିତ ହେଉଛି । ସେହିପରି କେନ୍ଦ୍ରାପଡା ସରକାରୀ ଡାକ୍ତରଖାନାରେ ପର୍ଯ୍ୟାପ୍ତ ସଂଖ୍ୟକ ବେଡ ନାହିଁ ଏବଂ ଯାହା କିଛି ଅଛି ତାହା ସମ୍ପୂର୍ଣ୍ଣ ଭାବେ ପୁରୁଣା ଓ ନଷ୍ଟ ହୋଇ ଯାଇଛି । ୨.୯୦ କି.ମି ବାଟ ଟ୍ରଲିରେ ବୁହା ହୋଇ ଆସିଥିବା ଅସହାୟ ମହିଳାଙ୍କ ମୃତ୍ୟୁର ପ୍ରକୃତ ତଦନ୍ତ କରାଗଲେ ଓଡିଶାରେ ସ୍ୱାସ୍ଥ୍ୟସେବାର ପ୍ରକୃତ ଚିତ୍ର ପଦାକୁ ଆସିପାରିବ । ସେହି ପରିବାରର ଜଣଙ୍କୁ ସରକାରୀ ଚାକିରୀ ପ୍ରଦାନ କରାଯାଉ । ଓଡିଶାରେ ବିଭିନ୍ନ ଖାଉଟି ସାମଗ୍ରୀ ଓ ପନିପରିବାର ଅହେତୁକ ଦର ବୃଦ୍ଧି ଜନ ସମାଜକୁ ବ୍ୟଥିତ କରୁଛି । ଏହାର ନିରାକରଣ ନିମନ୍ତେ ଉଚିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ବୋଲି ଜନଶକ୍ତି ପାର୍ଟି ପକ୍ଷରୁ ଦାବୀ କରାଯାଇଛି । ଜନଶକ୍ତି ପାର୍ଟିର ରାଜ୍ୟ ସଭାପତି ଆଡଭୋକେଟ ପ୍ରଦୀପ କୁମାର ଦାଶ ରାଜ୍ୟପାଳଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକ ପତ୍ର ସହକାରୀ ଜିଲ୍ଲାପାଳ ଶିବ ମଲ୍ଲିକଙ୍କୁ ପ୍ରଦାନ କରିଛନ୍ତି ।

## ଚୋରୀ ମାମଲାରେ ଜିଲ୍ଲା ପୋଲିସର ସ୍ୱତନ୍ତ୍ର ସ୍କ୍ୱାର୍ଡ ଜଣକୁ ଉଠାଇନେଇଛି

କେନ୍ଦ୍ରାପଡା, (ପିଏନ)- କେନ୍ଦ୍ରାପଡା ସହରର ସଟରତାଡି ଚୋରୀ କରିବା ଓ ମହିଳା ବିଜେଡି ସଭାନେତ୍ରୀଙ୍କ ଘରୁ ଝରକା ରେଲିଂ ତାଡି ଚୋରୀ କରିବା ଘଟଣାରେ ଜିଲ୍ଲା ପୋଲିସର ସ୍ୱତନ୍ତ୍ର ସ୍କ୍ୱାର୍ଡ ଜଣକୁ ସନ୍ଦେହରେ ଉଠାଇ ନେଇ କୌଣସି ଏକ ଅଜଣା ସ୍ଥାନରେ ରଖି ପଚରାଉଚୁରା କରୁଥିବା ଜଣାପଡିଛି । ପୋଲିସ ଉଠାଇ ନେଇଥିବା ସଂପୃକ୍ତ ବ୍ୟକ୍ତି ହେଉଛନ୍ତି ଟାଉନ ଥାନା ଅନ୍ତର୍ଗତ ରଣପଡା ଗ୍ରାମର ସେକ ବାବୁ ।

## ଓଡ଼ିଶା ସରକାରଙ୍କ ବିଶ୍ୱବିଦ୍ୟାଳୟ ସଂସ୍କାର ବିରୋଧରେ ପ୍ରଧାନମନ୍ତ୍ରୀଙ୍କୁ ସ୍ମାରକପତ୍ର ପ୍ରଦାନ

ବାରିପଦା, (ପିଏନ)- ଓଡ଼ିଶାରେ ବିଶ୍ୱବିଦ୍ୟାଳୟଗୁଡ଼ିକରେ ସଂସ୍କାର ଆଣିବା ନିମନ୍ତେ ଗତ ସେପ୍ଟେମ୍ବର ୪ରେ ପ୍ରକାଶିତ ଅଧାଦେଶ ସଂଖ୍ୟା ୮୨୧୯-ଆଇ-ଲେଗିସି- ୩୫/ ୨୦୨୦/ ଏଲକୁ ବିରୋଧ କରି ମୟୂରଭଞ୍ଜ ସିଟିଜେନ ଫୋରମ୍, ମୟୂରଭଞ୍ଜ ସାହିତ୍ୟ ପରିଷଦ ପ୍ରମୁଖ ସଙ୍ଗଠନ ସହ ଜିଲ୍ଲାର ବୁଦ୍ଧିଜୀବୀଗଣ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ଦୃଷ୍ଟି ଆକର୍ଷଣ ନିମନ୍ତେ ଏକ ସ୍ମାରକପତ୍ର ପ୍ରଦାନ କରିଛନ୍ତି । ପ୍ରକାଶିତ ଅଧାଦେଶ ଅନୁଯାୟୀ ରାଜ୍ୟରେ ଥିବା ସମସ୍ତ ବିଶ୍ୱବିଦ୍ୟାଳୟଗୁଡ଼ିକରେ ଶିକ୍ଷକ ନିଯୁକ୍ତି ଏଣିକି ବିଶ୍ୱବିଦ୍ୟାଳୟ ସ୍ତରରେ କୁଳପତିଙ୍କ ଅଧକ୍ଷତାରେ ନହୋଇ ଓଡ଼ିଶା ପବ୍ଲିକ ସର୍ଭିସ୍ କମିଶନଙ୍କ ଦ୍ୱାରା କରାଯିବ । ଯାହାକୁ ନେଇ ବିବାଦ ଦେଖାଦେଇଛି । ବିଶ୍ୱବିଦ୍ୟାଳୟ ଏକ ସ୍ୱୟଂଚାଳିତ ଶିକ୍ଷା ଅନୁଷ୍ଠାନ । ଉହା ଉଭୟ ରାଜ୍ୟ ଓ କେନ୍ଦ୍ର ସରକାରଙ୍କ ଆର୍ଥିକ ସହଯୋଗରେ ପରିଚାଳିତ ହୋଇଥାଏ । ଏହାର ଆସିଷ୍ଟାଂଟ ପ୍ରଫେସର, ଆସୋସିଏଟ ପ୍ରଫେସର, ପ୍ରଫେସର ନିଯୁକ୍ତି ପ୍ରକ୍ରିୟା ଭାରତ ସରକାରଙ୍କ ସ୍ୱତନ୍ତ୍ର ଅନୁଷ୍ଠାନ ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ(ୟୁଜିସି)ର ନିର୍ଦ୍ଦିଷ୍ଟ ନୀତି, ମାର୍ଗଦର୍ଶୀକା ଅନୁଯାୟୀ ହୋଇଥାଏ । ସେହିପରି ବିଶ୍ୱବିଦ୍ୟାଳୟଗୁଡ଼ିକରେ ଶିକ୍ଷକମାନଙ୍କର ଚାକିରୀରୁ ଅବସର, ପଦୋନ୍ନତି, ପରିତ୍ୟାଗ, ବୀଦେଶ ଗମନ, ଅନ୍ୟ ବିଶ୍ୱବିଦ୍ୟାଳୟରେ ଯୋଗଦାନ ଆଦି କାରଣରୁ ପ୍ରତ୍ୟେକ ବର୍ଷ ବହୁ ପଦବୀ ଖାଲିପଡ଼ିଥାଏ । ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ ନୀତି ଓ ମାର୍ଗଦର୍ଶୀକା ଅନୁଯାୟୀ ସମ୍ପୃକ୍ତ ବିଶ୍ୱବିଦ୍ୟାଳୟରେ କୁଳପତିଙ୍କ ଅଧକ୍ଷତାରେ ପରିଚାଳିତ ଶିକ୍ଷକ ନିଯୁକ୍ତି ଚୟନ କମିଟି ତତ୍କାଳ ଏହାର ନିଯୁକ୍ତି ପ୍ରକ୍ରିୟା ଶେଷ କରି ବିଶ୍ୱବିଦ୍ୟାଳୟର ଶୈକ୍ଷିକ ଓ ଗବେଷଣା ବାତାବରଣକୁ ରକ୍ଷା କରିପାରିଥାଏ । ବିଶ୍ୱବିଦ୍ୟାଳୟ ସମାଜର ସର୍ବୋଚ୍ଚ ସମ୍ମାନୀୟ ଜ୍ଞାନ ଓ ଗବେଷଣାର ପବିତ୍ର କ୍ଷେତ୍ର ହୋଇଥିବା ସମୟରେ କୁଳପତି ମଧ୍ୟ ସର୍ବୋଚ୍ଚ ସମ୍ମାନୀୟ ବ୍ୟକ୍ତି ଅଟନ୍ତି । ବିଶ୍ୱବିଦ୍ୟାଳୟମାନଙ୍କରେ ଶିକ୍ଷକ ନିଯୁକ୍ତି ପ୍ରକ୍ରିୟା ଓଡ଼ିଶା ପବ୍ଲିକ ସାର୍ଭିସ କମିଶନଙ୍କ ଦ୍ୱାରା ପରିଚାଳିତ ହେଲେ ଖୋଲା ଖୋଲି ଭାବରେ ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ(ୟୁଜିସି)ର ଶିକ୍ଷକ ନିଯୁକ୍ତି ପ୍ରକ୍ରିୟାର ନୀତି ଓ ମାର୍ଗଦର୍ଶୀକାକୁ ଉଲ୍ଲଙ୍ଘନ କରାଇବ । ପୁଣି ଓପିଏସସି ଦ୍ୱାରା ନିଯୁକ୍ତି ପ୍ରକ୍ରିୟା ଶେଷ କରିବା ଅସମ୍ଭବ ଅଟେ । ଫଳରେ ଶିକ୍ଷକ ଅଭାବ ଜନିତ ପରିସ୍ଥିତି ହେତୁ ବିଶ୍ୱବିଦ୍ୟାଳୟର ଶୈକ୍ଷିକ ଓ ଗବେଷଣା କ୍ଷେତ୍ରରେ ବିଭିନ୍ନ ସମସ୍ୟା ସୃଷ୍ଟିହେବା ସାଙ୍ଗକୁ ଅଶାନ୍ତ ବାତାବରଣର କାରଣ ପାଲଟି ଯିବ । ପୁଣି କୁଳପତି ପରି ସର୍ବୋଚ୍ଚ ପଦବୀର ଅମର୍ଯ୍ୟାଦା ହୋଇ ତାହା ପ୍ରଶାସନ ଓ ଅମଲାତନ୍ତ୍ରର ଖେଳନା ହୋଇଯିବ । ଏଥି ସହିତ ବିଶ୍ୱବିଦ୍ୟାଳୟର ଚରମ ଅଧୋଗତି ହେବ ବୋଲି ଦର୍ଶାଇ ମୟୁରଭଞ୍ଜ ସିଟିଜେନ ଫୋରମ ସଭାପତି ପୂର୍ଣ୍ଣଚନ୍ଦ୍ର ବୁଗୁଡ଼େଇ, ଓଡ଼ିଆ ଜାଗରଣ ମଂଚର ସଭାପତି ଶରତ ଚନ୍ଦ୍ର ନାୟକ, ମୟୂରଭଞ୍ଜ ସାହିତ୍ୟ ପରିଷଦର ସଭାପତି ପଦ୍ମନାଭ ସାହୁ ପ୍ରମୁଖଙ୍କ ସମେତ ଜିଲ୍ଲାରୁ ବହୁ ମାନ୍ୟଗଣ୍ୟ ବ୍ୟକ୍ତି, ବୁଦ୍ଧିଜୀବୀ ସ୍ୱାକ୍ଷର ସମ୍ବଳିତ ଏକ ସ୍ମାରକପତ୍ର ପ୍ରଧାନମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ପ୍ରଦାନ କରିଥିବା ବେଳେ ଏହାର ନକଲ ଭାରତ ସରକାରଙ୍କ ଶିକ୍ଷାମନ୍ତ୍ରୀ, ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗର ଚେୟାରମ୍ୟାନ ଓ ସେକ୍ରେଟେରୀ, ଓଡ଼ିଶା ରାଜ୍ୟପାଳ, ମୁଖ୍ୟମନ୍ତ୍ରୀ, ଓଡ଼ିଶା ସରକାରଙ୍କ ଉଚ୍ଚଶିକ୍ଷା ମନ୍ତ୍ରୀ, ମୟୂରଭଞ୍ଜ ଲୋକସଭା ସାଂସଦ ପ୍ରମୁଖଙ୍କୁ ପ୍ରଦାନ କରାଯାଇଛି ।

## ବିଜୁଳି ଓ ରାସ୍ତାରୁ ବଂଚିତ ଚନ୍ଦନପୁର ଜେନାସାହି ଗ୍ରାମବାସୀ

### ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଆଗରେ ଧାରଣା ଦେବାକୁ ଚେତାବନୀ

କେନ୍ଦ୍ରାପଡା, (ପିଏନ)- ସ୍ୱାଧିନତାର ୭୪ ବର୍ଷ ପରେ ମଧ୍ୟ ଗ୍ରାମବାସୀ ମାନେ ଗାଁକୁ ଯିବାକୁ ରାସ୍ତା ପାଉ ନଥିବା ବେଳେ ଗ୍ରାମ୍ୟ ବିଦ୍ୟୁତକରଣ ଯୋଜନା ସାତ ସପନ ହୋଇ ରହିଛି । ରାସ୍ତା ନଥିବାରୁ ବର୍ଷ ସାରା ପାଣି କାଦୁଅରେ ପଶି ବିଲ ଭିତରେ ନିଜ ଘରକୁ ଯାଉଥିବା ଭଳି ଏକ ବାସ୍ତବ ଚିତ୍ର କେନ୍ଦ୍ରାପଡା ବ୍ଲକ ଅଧିନ କଂସାର ପଂଚାୟତର ଚନ୍ଦନପୁର ଗ୍ରାମର ଜେନାସାହିରେ ଦେଖିବାକୁ ମିଳୁଛି । ଚନ୍ଦନପୁର ଗ୍ରାମର ପଡା ଗ୍ରାମରେ ରହୁଥିବା ପ୍ରାୟ ୨୦ଟି ପରିବାର ରାସ୍ତା ଓ ଆଲୋକ ପାଇଁ ଅଭିଶପ୍ତ ଜୀବନ ବିତାଉଥିବା ଗ୍ରାମବାସୀ ମାନେ ଅଭିଯୋଗ କରିଛନ୍ତି । କେନ୍ଦ୍ରାପଡା ଟାଉନରୁ ମାତ୍ର ୭ କିମି ଦୂରରେ ଅବସ୍ଥିତ ଏହି ଗ୍ରାମର ଅବସ୍ଥା ଆଖିରେ ନଦେଖିଲେ ବିଶ୍ୱାସ କରିହେବ ନାହିଁ । ନିର୍ବାଚନ ସମୟରେ ଭୋଟ୍ ପାଇଁ ପ୍ରଚାର କରିବାକୁ ଆସୁଥିବା ନେତା ମାନେ ରାସ୍ତା ଏବଂ ଆଲୁଅ ଯୋଗାଇ ଦେବା ପାଇଁ ପ୍ରତିଥର ଗ୍ରାମବାସୀଙ୍କୁ ପ୍ରତିଶୃତି ଦେଉଥିଲେ ମଧ୍ୟ ଏପର୍ଯ୍ୟନ୍ତ ତାହା ପାଣିର ଗାର ହୋଇ ରହିଛି । ସ୍ଥାନୀୟ ସରପଂଚ ପ୍ରଦ୍ୟୁମ୍ନ ଜେନା ଏହି ସମସ୍ୟାର ସମାଧାନ ପାଇଁ ବାରମ୍ବାର ଉଦ୍ୟମ କରିଥିଲେ ମଧ୍ୟ ବ୍ଲକ ପ୍ରଶାସନ, ଜିଲ୍ଲା ପ୍ରଶାସନ ଓ ବିଦ୍ୟୁତ୍ ବିଭାଗର ଅସହଯୋଗ କାରଣରୁ ସ୍ଥାନୀୟ ବାସିନ୍ଦା ଦହଗଞ୍ଜ ଭୋଗୁଥିବା ଜଣାପଡିଛି । ଏହି ଗ୍ରାମରେ ରହୁଥିବା ପ୍ରାୟ ୨୦ ଘର ଦଳିତ ସଂପ୍ରଦାୟର ପରିବାର ନିଜର ମୌଳିକ ସୁବିଧା ପାଇବା ପାଇଁ ଆପତି ଅଭିଯୋଗ କଲେ ମଧ୍ୟ କେହି ଶୁଣିବାକୁ ନାହାନ୍ତି । ନିର୍ବାଚିତ ପ୍ରତିନିଧି ମାନେ ଭୋଟ୍ ପାଇବା ପରେ ଦ୍ୱିତୀୟ ଥର ପାଇଁ ଗାଁ ଭିତରେ ପାଦ ପକାଉ ନଥିବା ଗ୍ରାମବାସୀ ମାନେ ଅଭିଯୋଗ କରିଛନ୍ତି । ଏହି ଗ୍ରାମବାସୀ ମାନଙ୍କୁ ଯାତାୟତ ପାଇଁ ରାସ୍ତା, ଆଲୋକ ଓ ପାନୀୟ ଜଳ ଯଥା ଶିଘ୍ର ପ୍ରଶାସନ ପକ୍ଷରୁ ଯୋଗାଇ ଦିଆ ନଗଲେ ଏହି ଦଳିତ ସଂପ୍ରଦାୟର ବ୍ୟକ୍ତିମାନେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଆଗରେ ଧାରଣାରେ ବସିବେ ବୋଲି ଚେତାବନୀ ଦେଇଛନ୍ତି ।


MAHARISHI PUBLIC SCHOOL

2025-2026

ADMISSION OPEN

Maharishi Public School, Baripada



STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2025

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada

୨୭ତମ ପ୍ରତିଷ୍ଠା ଦିବସ ଅଭିନନ୍ଦନ

ଖେଳ ପର୍ଯ୍ୟବେକ୍ଷକ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

Bhubaneswar Saturday March 8 | ଭୁବନେଶ୍ୱର ଶନିବାର, ମାର୍ଚ୍ଚ ୮, ୨୦୨୫ | Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 | www.paryabekhyak.com


# ସେଞ୍ଚୁରିଅନରେ ଡିପ୍ଲୋମା ଅନ୍ତିମ ବର୍ଷର ଛାତ୍ରଛାତ୍ରୀମାନଙ୍କ ବିଦାୟ କାଳୀନ ସମାରୋହ

ରାୟଗଡ଼ା,(ପି.ଏନ): ରାୟଗଡ଼ା ସହର ଉପଖଣ୍ଡ ପିତାମହଲ ସ୍ଥିତ ସେଞ୍ଚୁରିଅନ ବିଶ୍ୱବିଦ୍ୟାଳୟ ପରିସରରେ ଫାର୍ମାସୀ ବିଭାଗର ଅନ୍ତିମ ବର୍ଷର ଡିପ୍ଲୋମା ଛାତ୍ରଛାତ୍ରୀମାନଙ୍କୁ ବିଦାୟ କାଳୀନ ସମାରୋହ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଉକ୍ତ କାର୍ଯ୍ୟକ୍ରମରେ ଫାର୍ମାସୀ ଅଧକ୍ଷ ଡ଼ଃ ଚ଼ନ୍ଦ୍ରଶେଖର ପାତ୍ର ଓ ନର୍ସିଂ ଅଧକ୍ଷ ଶ୍ରୀମତି କେ.ଉର୍ମିଳା, ପ୍ରଧାପକ ଡ଼ଃ ଗୋପାଳ କ୍ରିଷ୍ଣା ପାଢୀ ପ୍ରମୁଖ ମଞ୍ଚାସିନ ଥିଲେ । ଏହି ବିଦାୟ କାଳୀନ ସମାରୋହରେ ଫାର୍ମାସୀ ବିଭାଗ ପ୍ରଥମ ବର୍ଷରେ ଅଧ୍ୟୟନରତ ଡିପ୍ଲୋମା ଛାତ୍ରଛାତ୍ରୀମାନେ ଅନ୍ତିମ ବର୍ଷର ଛାତ୍ରଛାତ୍ରୀମାନଙ୍କୁ ବିଦାୟ ଦେଇଥିଲେ। ଏହି ଅବସରରେ ମଞ୍ଚାସିନ ଅତିଥିଗଣ ସମସ୍ତ ଛାତ୍ରଛାତ୍ରୀଙ୍କୁ ଜୀବନରେ ଅଗ କୁ ବଢ଼ିବା ପାଇଁ ନିରନ୍ତର ପ୍ରୟାସ କରିବା ଆବଶ୍ୟକ। ଛାତ୍ରଛାତ୍ରୀ ମାନେ କିଭଳି ଭାବେ ଚ଼ାକିରି କରି ନିଜେ ଆତ୍ମ




ନିର୍ଭରଶୀଳ ହେବେ ସେ ସମ୍ପର୍କରେ ଦିଗ୍‌ଦର୍ଷଣ ପ୍ରଦାନ କରିଥଲେ। ସେହିପରି ସମସ୍ତ ଛାତ୍ରଛାତ୍ରୀମାନେ ନାଚ଼ ଗୀତର ଆସୋରରେ ସମସ୍ତଙ୍କୁ ମନୋରଞ୍ଜନ କରିଥିଲେ । ଶେଷରେ ଛାତ୍ରଛାତ୍ରୀ ମାନେ ନିଜ ସାଙ୍ଗସାଥୀଙ୍କ ମେଳରେ ବିତେଇଥିବା ପ୍ରତିଟି ମୁହର୍ତ୍ତକୁ ମନେପକାଇ ଭାବପ୍ରବଣ ହୋଇଥିଲେ। ଏଥିରେ ପ୍ରାୟ ୮୦ରୁ ଉର୍ଦ୍ଧ ଛାତ୍ରଛାତ୍ରୀ ଉପସ୍ଥିତ ରହି କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିଥିଲେ ।

# କଂଗ୍ରେସ ପକ୍ଷରୁ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଘେରାଉ

ଜଗତସିଂହପୁର,(ପି.ଏନ): ରାଜ୍ୟରେ ହୁ ହୁ ହୋଇ ବଢୁଥିବା ନାରୀ ନିର୍ଯ୍ୟାତନା ପ୍ରତିବାଦ ରେ ପ୍ରଦେଶ କଂଗ୍ରେସ କମିଟି ସଭାପତି ଭକ୍ତ ଚ଼ରଣ ଦାସ ଙ୍କ ଆହ୍ୱାନ କ୍ରମେ ଜଗତସିଂହପୁର ଜିଲ୍ଲା କଂଗ୍ରେସ କମିଟି ତରଫରୁ ଆସନ୍ତା ମାର୍ଚ୍ଚ ୧୦ ତାରିଖ ସୋମବାର ଦିବା ୧୦ ଘଟିକା ସମୟରେ ଜିଲ୍ଲାପାଳ ଙ୍କ କାର୍ଯ୍ୟାଳୟ ଘେରାଉ କରିବାର କାର୍ଯ୍ୟକ୍ରମ ସ୍ଥିରୀକୃତ କରାଯାଇଛି ।ଜିଲ୍ଲା କଂଗ୍ରେସ ସଭାପତି ନଟବର ବାରିକ ଙ୍କ ଅଧକ୍ଷତା ରେ ଅନୁଷ୍ଠିତ ପ୍ରସ୍ତୁତି ବୈଠକରେ ପ୍ରଦେଶ କଂଗ୍ରେସ କମିଟି ପର୍ଯ୍ୟବେକ୍ଷକ ତଥା ବରିଷ୍ଠ କଂଗ୍ରେସ ନେତା ସନତ୍ ଦାସ ଘେରାଉ କାର୍ଯ୍ୟକ୍ରମ ଉପରେ ପିସିସି ନିର୍ଦ୍ଧ ?ଶ ବଳି ଉପରେ ସୂଚ଼ନା ଦେବା ସହ ଏହି କାର୍ଯ୍ୟକ୍ରମ କୁ ସଫଳ କରିବାକୁ ଜିଲ୍ଲାର ସମସ୍ତ କଂଗ୍ରେସ କର୍ମୀମାନଙ୍କୁ ଆହ୍ୱାନ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ବାଲିକୁଦାର ପୂର୍ବତନ ବିଧାୟକ ଡ଼ା ଲଲାଟେନ୍ଦୁ ମହାପାତ୍ର, ଏରସମା ବାଲିକୁଦା ନିର୍ବାଚ଼ନ ମଣ୍ଡଳୀର କଂଗ୍ରେସ ନେତା ଇଂ ନଳିନୀ କୁମାର ସ୍ୱାଇଁ, ଜଗତସିଂହପୁର ନିର୍ବାଚ଼ନ ମଣ୍ଡଳୀର କଂଗ୍ରେସ ନେତ୍ରୀ ପ୍ରତିମା ମଲ୍ଲିକ ,ପାରାଦ୍ୱୀପ ନିର୍ବାଚ଼ନ ମଣ୍ଡଳୀର କଂଗ୍ରେସ ନେତା ନିରଞ୍ଜନ ନାୟକ ,




ନାଉଗାଁ ବ୍ଲକର ପୂର୍ବତନ ବ୍ଲକ ଅଧକ୍ଷ ବିଚ଼ିତ୍ରାନନ୍ଦ ଲେଙ୍କା,ପିସିସି ସଭ୍ୟ ଦେବ ପ୍ରସାଦ ନାୟକ, ପୂର୍ବତନ ପୌରାଧକ୍ଷ ବିପ୍ଳବ ଚୌଧୁରୀ, ବରିଷ୍ଠ କଂଗ୍ରେସ ନେତା ମାନସ ରଥ,ଅଭୟ କୁମାର ମହାନ୍ତି, ଡ଼ ଜଗଦାନନ୍ଦ ବେହେରା,ଇମିତିୟାଜ ଅହମ୍ମଦ ଖାଁ ,ବଲ୍ଲଭାନନ୍ଦ ସ୍ୱାଇଁ, ପ୍ରିୟବ୍ରତ ମିଶ୍ର, ପ୍ରଶାନ୍ତ କୁମାର ଦାସ, ବିକ୍ରମ ପରିଡ଼ା, କେଦାର ବିଶ୍ୱାଳ,ନିହାର ଦାସ,ମହନି ଚ଼ରଣ ରାଉତ, ଅବନୀକାନ୍ତ ମହାରଣା, ଇଂ ବେଦଦ୍ୟୁତି ପୃଷ୍ଟି, ଜ୍ଞାନ ରଞ୍ଜନ ଜେନା,ସାଫି ଆଜମ୍, ଅଶ୍ୱିନୀ ସ୍ୱାଇଁ, ଆର୍ତ୍ତତ୍ରାଣ ପଣ୍ଡା, କୃଷ୍ଣଚ଼ନ୍ଦ୍ର ପ୍ରଧାନ, ଉମେଶ ସ୍ୱାଇଁ,ଦେବୀ ପ୍ରସାଦ ଜେନା,ରାକେଶ ସ୍ୱାଇଁ,ସାଇ ପ୍ରଭଞ୍ଜନ ମହାପାତ୍ର, ସୁକାନ୍ତ ମହାପାତ୍ର, ରିଙ୍କୁ ପାଲ, ସମରେନ୍ଦ୍ର ମହାପାତ୍ର, ସରୋଜ ବାରିକ, ଶିବାଶିଷ ସ୍ୱାଇଁ,ଧ୍ରୁବଚ଼ରଣ କାଣ୍ତି, ରବିନ୍ଦ୍ର କୁମାର ମଲ୍ଲିକ, ରୁଦ୍ର ନାରାୟଣ ବେହେରା ପ୍ରମୁଖ ଉପସ୍ଥିତ ରହି ଆନ୍‌ଦୋଳନ କୁ ସଫଳ କରିବାକୁ ନିଜର ମତାମତ ପ୍ରଦାନ କରିଥିଲେ।

# ନବ ନିର୍ମିତ ଭବାନୀପାଟଣା ଟାଉନ୍ ଥାନା ଗୃହ ଉଦଘାଟିତ

ଭବାନୀପାଟଣା,(ପି.ଏନ): ପୁର୍ବରୁ ଭବାନୀପାଟଣା ର ଗନ୍ଧିଛକ ରେ ଥିବା ଟାଉନ୍ ଥାନା ବର୍ତ୍ତମାନ୍ ମାଣିକେଶ୍ୱରୀ ମନ୍ଦିର ନିକଟରେ ନିର୍ମାଣ । କରାଯାଇଛି ଆଜି ନବ ନିର୍ମିତ ଟାଉନ୍ ଥାନା ଉଦ୍ ଘାଟିତ ହୋଇ ଯାଇଛି ।ରାଜ୍ୟରେ ବିଭିନ୍ନ ସ୍ଥାନରେ ନବ ନିର୍ମିତ ଅତ୍ୟାଧୁନିକ ଥାନା ଗୃହ ମୁଖ୍ୟ ମନ୍ତ୍ରୀ ମୋହନ୍ ଚ଼ରଣ ମାଝୀ ଭିଡିଓ କନଫରେନ୍ସ ମାଧ୍ୟମରେ ଉଦ୍ ଘାଟନ କରିଛନ୍ତି ।



ଭବାନୀପାଟଣା ଟାଉନ୍ ଥାନା ନୂତନ ଗୃହ ଉଦ୍ଘାଟନ କାର୍ଯ୍ୟକ୍ରମ ରେ କଳାହାଣ୍ଡି ଲୋକସଭା ସାଂସଦ ମାଳବିକା ଦେଓ,ରାଜ୍ୟସଭା ସାଂସଦ ସୁଜିତ୍ କୁମାର,ଜିଲ୍ଲା ପରିଷଦ ଅଧକ୍ଷ ପୁଷ୍ପ ?ନ୍ଦ୍ର ସିଂହଦେଓ କଳାହାଣ୍ଡି ଆରକ୍ଷୀ ଅଧିକ୍ଷକ ନାଗରାଜ ଦେବର୍କଣ୍ଡା , ଏଡିଏମ୍ ତନ୍ମୟ ଦରୱାନ,ଉପ ଜିଲ୍ଲାପାଳ ପ୍ରଭାତ ପରିଡ଼ା ପ୍ରମୁଖ ମଞ୍ଚା ସିନ ହୋଇଥିଲେ ।

# ସ୍କାଉଟସ୍ ଏବଂ ଗାଇଡସ୍‌ର "ସମର୍ଥ ଯୁବା" ଶିବିର

ଭୁବନେଶ୍ୱର,(ପି.ଏନ) : ଓଡ଼ିଶା ରାଜ୍ୟ ଭାରତ ସ୍କାଉଟସ୍ ଓ ଗାଇଡ଼ସ୍ ଦ୍ୱାରା ବିଭିନ୍ନ ମହାବିଦ୍ୟାଳୟରୁ ଆସିଥିବା ରୋଭର ଏବଂ ରେଞ୍ଜରମାନଙ୍କୁ ନେଇ ଗତ ୪ ତାରିଖରୁ ଆରମ୍ଭ ହୋଇଥିବା "ସମର୍ଥ ଯୁବା" ଆଜି ସଂଧ୍ୟାରେ ଉଦ୍‌ଯାପିତ ହୋଇଅଛି। ରାଜ୍ୟ ମୁଖ୍ୟ କମିଶନର ତଥା ଜାତୀୟ ଉପସଭାପତି ଡଃ କାଳି ପ୍ରସାଦ ମିଶ୍ର ନିଜ ବକ୍ତବ୍ୟରେ କହିଥିଲେଯେ ଓଡିଶାର ବିଭିନ୍ନ କୋଣ ଅନୁକୋଣରେ ଲୁଚି ରହିଥିବା ଯୁବ ପ୍ରତିଭାମାନଙ୍କୁ ଖୋଜି ବାହାର କରି ସେମାନଙ୍କୁ ଉତ୍ସାହିତ କରିବା ଲାଗି ଏହି ଶିବିରର ଆୟୋଜନ କରାଯାଇଛି । ଏହି ଶିବିରରେ ଓଡ଼ିଶାର ୫୨ଟି ମହାବିଦ୍ୟାଳୟରୁ ୪୫୦ ଜଣ ରୋଭର, ରେଞ୍ଜର, ରୋଭର ସ୍କାଉଟ ଲିଡର, ରେଞ୍ଜର ଲିଡର ଯୋଗ ଦେଇ "ସମର୍ଥ ଯୁବା"ର ବିଭିନ୍ନ ଦିବସରେ ଅନୁଷ୍ଠିତ ହୋଇଥିବା କାର୍ଯ୍ୟକ୍ରମ ଯଥା ପ୍ରାକୃତିକ ବିପର୍ଯ୍ୟୟର ମୁକାବିଲା କିପରି କରିପାରିବେ ତାହା ଉପରେ ଏକ ଅଧିବେଶନ କରାଯାଇଥି ଲା, ପାଇଓନେରିଙ୍ଗ୍, ପ୍ରାଥମିକ ଚିକିତ୍ସା, ଆଡଭୋକେସି କର୍ଣ୍ଣର, ପରିବେଶ ସଚେତନତା, ବକ୍ତୃତା ପ୍ରତିଯୋଗିତା, ଆତ୍ମରକ୍ଷା କୌଶଳ ତାଲିମ୍ ଆଦି ଦିଆଯାଇଥିଲା । ଏତଦ୍‌ବ୍ୟତୀତ ବନ୍ୟଜନ୍ତୁ ଉପରେ ଜୀବନବ୍ୟାପୀ ଗବେଷଣା କରୁଥିବା ଡଃ. ଲାଲା ଅଶ୍ୱିନୀ କୁମାର ସିଂହଙ୍କ ଦ୍ୱାରା ପରିବେଶ ସନ୍ତୁଳନ ବିଷୟରେ ତାଲିମ ପ୍ରଦାନ କରାଯାଇଥିଲା। ଏହି ଶିବିରଟିକୁ ଯୁଗ୍ମ ସମ୍ପାଦକ ଶ୍ରୀଯୁକ୍ତ ମିହିର ରଞ୍ଜନ ପଟ୍ଟନାୟକ, ଆଡିମିନିଷ୍ଟ୍ରେଟିଭ୍ ଅଫିସର ଶ୍ରୀମତୀ ଅନାମିକା ଦାସ, ଯୁଗ୍ମ ସଂଗଠନ କମିଶନର ଶ୍ରୀମତୀ ପୁଷ୍ପାଞ୍ଜଳି ମହାପାତ୍ର, ରାଜ୍ୟ ତାଲିମ୍ କମିଶନର ଶ୍ରୀଯୁକ୍ତ ସୁରଜିତ୍ ସେନ୍‌ଙ୍କ ତତ୍ତ୍ୱାବଧାନରେ କରାଯାଇଥିବା ବେଳେ କାର୍ଯ୍ୟାଳୟର ସମସ୍ତ ପଦାଧିକାରୀ ଏହି ଶିବିରରେ ସହାୟତା କରିଥିଲେ । ଶେଷରେ ସମର୍ଥ ଯୁବାରେ ଅନୁଷ୍ଠିତ ହୋଇଥିବା ବିଭିନ୍ନ ପ୍ରତିଯୋଗିତାରେ କୃତି ହାସଲ କରିଥିବା ରୋଭର, ରେଞ୍ଜରମାନଙ୍କୁ ରାଜ୍ୟ ମୁଖ୍ୟ କମିଶନର ଡଃ. ମିଶ୍ରଙ୍କ ଦ୍ୱାରା ମାନପତ୍ର ଓ ଫଳକ ପୁରସ୍କୃତ କରାଯାଇଥିଲା ।

# ଗ୍ରୀଷ୍ମ ପ୍ରବାହ ମୁକାବିଲା ନେଇ ଜିଲ୍ଲାସ୍ତରୀୟ ପ୍ରସ୍ତୁତି ବୈଠକ

ରାୟଗଡ,(ପି.ଏନ):ରାୟଗଡ ଜିଲ୍ଲାରେ ଗ୍ରୀଷ୍ମ ପ୍ରବାହରେ ସତର୍କ ରହିବା ଓ ଅଂଶୁଘାତ ପାଇଁ ଏକ ପ୍ରସ୍ତୁତି ବୈଠକ ଅତିରିକ୍ତ ଜିଲ୍ଲାପାଳ ନବୀନ ଚ଼ନ୍ଦ୍ର ନାୟକ ଙ୍କ ଅଧକ୍ଷତାରେ ଆଜି ସ୍ଥାନୀୟ ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି । ଚ଼ଳିତ ମାର୍ଚ୍ଚ, ଏପ୍ରିଲ ଓ ମେ ମାସରେ ଗ୍ରୀଷ୍ମ ପ୍ରବାହ ଅଂଶୁଘାତ ନିୟନ୍ତ୍ରଣ ପାଇଁ କିପରି ପ୍ରସ୍ତୁତି ହେବା ଆବଶ୍ୟକ ସେ ବିଷୟରେ ଜିଲ୍ଲାର ବିଭିନ୍ନ ଅଧିକାରୀମାନଙ୍କ ସହ ଆଲୋଚ଼ନା କରିଥିଲେ । ଚ଼ଳିତ ବର୍ଷର ପ୍ରଥମାର୍ଦ୍ଧରୁ ହିଁ ପ୍ରବଳ ଗ୍ରୀଷ୍ମ ପ୍ରବାହ ଜିଲ୍ଲାରେ ଆରମ୍ଭ ହୋଇଥିବା ବେଳେ ଆଗକୁ ଏହା ଆହୁରି ତୀବ୍ର ରୂପ ନେବାର ଆଶଙ୍କା ରହିଛି । ତେଣୁ ବିଭିନ୍ନ ସମୟରେ ଅଂଶୁଘାତ ହୋଇ ଜୀବନ ପ୍ରତି ବିପଦ ମଧ୍ୟ ସୃଷ୍ଟି ହେବାର ସମ୍ଭାବନା ରହିଛି । ତେଣୁ ସ୍ୱାସ୍ଥ୍ୟ ବିଭାଗକୁ ଉପଯୁକ୍ତ ପରିମାଣ ଓଆର୍‌ଏସ୍ ପ୍ୟାକେଟ ଓ ଔଷଧ ମହଜୁଦ ରଖିବା ସହିତ ସଜାଗ ରହିବାକୁ କୁହାଯାଇଛି । ଜିଲ୍ଲା ମୁଖ୍ୟ ଚ଼ିକିତ୍ସାଳୟ ମଧ୍ୟରେ ଏକ ସ୍ୱତନ୍ତ୍ର ଅଂଶୁଘାତ କକ୍ଷ କରାଯିବା ସହ ଅଂଶୁଘାତ ରୋଗୀଙ୍କ ପାଇଁ ସମସ୍ତ ପ୍ରକାର ଆଶୁ ଚ଼ିକିତ୍ସା ବ୍ୟବସ୍ଥାକୁ ତ୍ୱରାନ୍ୱିତ କରିବା ପାଇଁ କୁହାଯାଇଥିଲା । ସେହିପରି ବିଭିନ୍ନ ଗ୍ରାମାଞ୍ଚଳ, ପୌର ପରିଷଦ, ବ୍ଲକ, ଏନ୍‌ଏସି ପକ୍ଷରୁ ଜଳଛତ୍ର ଖୋଲାଯିବାକୁ ସ୍ୱତନ୍ତ୍ର ଜିଲ୍ଲା ପରିଷଦ ବୈଠକରେ ଜିଲ୍ଲାପାଳଙ୍କ ନିର୍ଦ୍ଦେଶକୁ ସିଡିଓ ତଥା ଇଓ



ଜିଲ୍ଲାପରିଷଦ ଶ୍ରୀ ଅକ୍ଷୟ କୁମାର ଖେମୁଣ୍ଡୁ ବୈଠକରେ ପୁଣିଥରେ ବିଡିଓ ମାନଙ୍କୁ ସୂଚ଼ନା ଦେଇଥିଲେ । ଜିଲ୍ଲାର ସମସ୍ତ ଗ୍ରାମରେ ଜଳକ୍ଲିଷ୍ଟ ସ୍ଥାନ ଗୁଡିକରେ ପାନୀୟ ଜଳ ବ୍ୟବସ୍ଥା କରାଯିବ। ଅଚ଼ଳ ନଳକୂପ, ସୌର ଚ଼ାଳିତ ନଳକୂପ ଗୁଡିକ କାର୍ଯ୍ୟକ୍ଷମ କରିବା ନିମନ୍ତେ ଜିଲା ଗ୍ରାମୀୟ ଜଳଯୋଗାଣ ସଂସ୍ଥା ନିର୍ବାହୀ ଯନ୍ତ୍ରୀଙ୍କୁ କୁହାଯାଇଛି । ଖରାପ ନଳକୂଅ ତୁରନ୍ତ ମରାମତି କରିବାକୁ କୁହାଯାଇଛି । ସେହିପରି ମଧ୍ୟାହ୍ନ ସମୟରେ ବାହାରେ ବୁଲିବା ବେଳେ ପାଣି ବୋତଲ, ଛତା, ଟୋପି ତଥା ଓଦା କପଡା ଇତ୍ୟାଦି ମୁଣ୍ଡରେ ପକାଇ ଯାତାୟାତ କରିବା ଏବଂ ଏନେଇ ଜିଲ୍ଲାର ସମସ୍ତ ଜନସାଧାରଣଙ୍କୁ ବ୍ୟାପକ ସଚେତନ କରାଇବାକୁ ମଧ ବିଭିନ୍ନ ବ୍ୟବସ୍ଥା ପାଇଁ ବିସ୍ତୃତ ଭାବେ ଆଲୋଚ଼ନା ହୋଇଥିଲା । ସ୍ୱେଚ୍ଛାସେବୀ ଅନୁଷ୍ଠାନ, ପଂଚ଼ାୟତ ଜନପ୍ରତିନିଧି ମାନଙ୍କୁ ନେଇ ଜନସଚେତନତା କରିବା ପାଇଁ କୁହାଯାଇଛି । ଗ୍ରୀଷ୍ମ ଦିନରେ ବିଶେଷ କରି ପାନୀୟଜଳ ସମସ୍ୟା ଯେପରି ନ ଉପୁଜେ, ବିଦ୍ୟୁତ ବିଭ୍ରାଟ ନ ହେବ, ପଶୁମାନଙ୍କ ଯତ୍ନ ନେବା, ସ୍କୁଲ ଓ ଅଙ୍ଗନବାଡି କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ଗାଇଡ୍ ଲାଇନ୍ ଅନୁଯାୟୀ ସକାଳ ସମୟରେ ଖୋଲିବା, ଜୀବନ ରକ୍ଷକ ଔଷଧ ମହୁଜୁଦ ରଖିବା ଶ୍ରମିକମାନଙ୍କ କାର୍ଯ୍ୟ ସମ୍ପାଦନ କ୍ଷେତ୍ରରେ ସମୟ ସାରଣୀ ପରିବର୍ତ୍ତନ କରିବା, ଜଙ୍ଗଲ ସୁରକ୍ଷା ଇତ୍ୟାଦି ଦୃଷ୍ଟି ଦେବାକୁ ବିଭାଗୀୟ କର୍ତ୍ତୃପକ୍ଷଙ୍କୁ କୁହାଯାଇଛି । ଯାତ୍ରୀବାହୀ ବସ ଯାତାୟତ କରିବା ସମୟ ଓ ଶ୍ରମିକ ମାନଙ୍କ ସମୟରେ ପରିବର୍ତ୍ତନ କରିବାକୁ କୁହାଯାଇଛି । ବନ୍ୟଜନ୍ତୁଙ୍କ ନିମନ୍ତେ ପିଇବା ପାଣି ବ୍ୟବସ୍ଥା କରିବାକୁ ବନ ବିଭାଗ ଅଧିକାରୀଙ୍କୁ ଅତିରିକ୍ତ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଛନ୍ତି କ୍ଷ ସେହିପରି ଅଂଶୁଘାତରେ କାହାର ମୃତ୍ୟୁ ହୁଏ ତେବେ ତୁରନ୍ତ ରିପୋର୍ଟ ପ୍ରଦାନ କରିବାକୁ ମଧ ତହସିଲଦାର/ବିଡ଼ିଓ ମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି । ଜିଲ୍ଲାର ଜିଲ୍ଲାସ୍ତରରେ, ବ୍ଲକ, ଜିଲ୍ଲାସ୍ୱାସ୍ଥ୍ୟ କେନ୍ଦ୍ର ଓ଼ ଜିଲ୍ଲା ମୁଖ୍ୟ ପ୍ରାଣୀ ଚ଼ିକିତ୍ସା କେନ୍ଦ୍ରରେ ୨୪/୭ ନିୟନ୍ତ୍ରଣ କକ୍ଷ୍ୟ ଖୋଲାଯିବାକୁ ନିର୍ଦ୍ଦେଶ ଦେଇଛନ୍ତି । ଏହି ବୈଠକରେ ଜିଲ୍ଲା ମୁଖ୍ୟ ଉନ୍ନୟନ ତଥା କାର୍ଯ୍ୟ ନିର୍ବାହୀ ଜିଲ୍ଲାପରିଷଦ, ରାୟଗଡ ଶ୍ରୀ ଅକ୍ଷୟ କୁମାର ଖେମୁଣ୍ଡୁ, ଉପଜିଲ୍ଲାପାଳ ରାୟଗଡ, ଶ୍ରୀ ରମେଶ ଜେନା, ଅତିରିକ୍ତ ଜିଲ୍ଲା ମୁଖ୍ୟ ଚ଼ିକିତ୍ସା ଅଧିକାରୀ ସମେତ ବିଭିନ୍ନ ବିଭାଗୀୟ ଅଧିକାରୀ, ଜିଲ୍ଲାର ସମସ୍ତ ଗୋଷ୍ଠୀ ଉନ୍ନୟନ ଅଧିକାରୀ, ତହସିଲଦାର ଓ ତହସିଲଦାର ଓ ଜିଲ୍ଲା ଜରୁରୀକାଳୀନ ଅଧିକାରୀ ମନୋଜ କୁମାର ନାହାକ ଆଦି ଯୋଗଦାନ କରିଥିଲେ ।




Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-7510 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-7515, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray